୨୬ ବର୍ଷରେ

# ପର୍ଯ୍ୟବେକ୍ଷକ

PARYABEKHYAK ପର୍ଯ୍ୟବେକ୍ଷକ

Vol.26 . No.18 Bhubaneswar Thursday February 22 2024 | ୨୬ତମ ବର୍ଷ ସଂଖ୍ୟା-୧୮ ଭୁବନେଶ୍ୱର, ଗୁରୁବାର, ଫେବୃଆରୀ ୨୨, ୨୦୨୪ (୮ ପୃଷ୍ଠା) ମୂଲ୍ୟ-୧.୫୦ ₹.50 (Air Surcharge - 0.50P) Member-INS


## ହତ୍ୟା ଅଭିଯୋଗରେ ଗିରଫ ହେଲେ ଛାତ୍ର ବିଜେଡି ନେତା !

ଭୁବନେଶ୍ୱର,୨୧।୨(ପି.ଏନ): ଲୁଟ୍ ଉଦ୍ଦେଶ୍ୟରେ ଘରେ ପଶିଥିଲେ। ଧରା ପଡିଯିବା ଭୟରେ ୭୦ ବର୍ଷୀୟା ବୃଦ୍ଧାଙ୍କୁ ହତ୍ୟା କରିଥିଲେ। ପାଖାପାଖି ମାସେ ପରେ ହତ୍ୟା ଅଭିଯୋଗରେ ଛାତ୍ର ବିଜେଡି ନେତାଙ୍କ ସମେତ ୩ ଜଣଙ୍କୁ ବାନ୍ଧିଲା ଗଜପତି ଜିଲ୍ଲା ପୁଲିସ୍। ଏଥିସହ ଲୁଟ୍ ହୋଇଥିବା ଅଳଙ୍କାର ଜବତ କରିଛି ପୁଲିସ୍।ପାରଳାଖେମୁଣ୍ଡି କରଣ ସାହିର ଅମିତ ପଟ୍ଟନାୟକ ହେଉଛନ୍ତି ଗଜପତି ଜିଲ୍ଲା ଛାତ୍ର ବିଜେଡି ଉପ-ସଭାପତି। ସେ ଓ ତାଙ୍କର ଦୁଇ ସହଯୋଗୀ ପ୍ରତିକ ପଟ୍ଟନାୟକ ଓ କାଶୀନଗର ଥାନା କୋଲା ଗାଁର ଦାଉଦ ଜେନା ଓରଫ ଡେବିଡ ଲୁଟ୍ ଉଦ୍ଦେଶ୍ୟରେ ଗତ ୨୧ ତାରିଖ ବିଳମ୍ବିତ ରାତିରେ ପାରଳାଖେମୁଣ୍ଡି ସହର କରଣ ସାହିର ସରୋଜିନୀ ପଟ୍ଟନାୟକଙ୍କ ଘରେ ପଶିଥିଲେ। ସେମାନେ ଲୁଟ୍ କରୁଥିବା ବେଳେ ୭୦ ବର୍ଷୀୟା ସରୋଜିନୀ ଉଠି ପଡିଥିଲେ। ଆଉ ଅମିତକୁ ଚିହ୍ନି ପକାଇଥିଲେ।



## ଆଜି ସାରା ରାଜ୍ୟକୁ ଯୋଡିଲା ଲକ୍ଷ୍ମୀ ବସ୍ : ୩୦ ଜିଲ୍ଲାରେ ଚାଲିଲା ୧୩୫୪ଟି ବସ୍

ଭୁବନେଶ୍ୱର,୨୧।୨(ପି.ଏନ): ପ୍ରତ୍ୟେକ ଗାଁ'ରେ ଲକ୍ଷ୍ମୀ ବସ୍ ପହଞ୍ଚାଇବା ଲକ୍ଷ୍ୟ ନେଇ ଗୋଟିଏ ପରେ ଗୋଟିଏ ଜିଲ୍ଲାରେ ଲକ୍ଷ୍ମୀ ବସ୍ ଆରମ୍ଭ କରି ଶେଷରେ ସାରା ଓଡ଼ିଶାକୁ ଯୋଡ଼ିଛନ୍ତି ରାଜ୍ୟ ସରକାର। ବହୁ ଅପେକ୍ଷା ପରେ ଆଜି ରାଜ୍ୟର ସମସ୍ତ ୩୦ ଜିଲ୍ଲାରେ ଗଡିଛି ଲକ୍ଷ୍ମୀ ବସ। ଯାହାକୁ ନେଇ ସାରା ରାଜ୍ୟବାସୀ ଆଜି ନିଜର ଖୁସି ବ୍ୟକ୍ତ କରିଛନ୍ତି।ସୂଚନା ଥାଉକି, ଆଜି ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକ ଭିଡିଓ କନ୍‌ଫରେନ୍‌ସିଂ ଜରିଆରେ ବାଲେଶ୍ୱର, ଜଗତସିଂହପୁର, ଗଞ୍ଜାମ, ନୂଆପଡା ଓ ବୌଦ୍ଧ ଜିଲ୍ଲାରେ ଲକ୍ଷ୍ମୀ ବସ୍ ଯୋଜନାର ଶୁଭାରମ୍ଭ କରିଛନ୍ତି। ଏହି ୫ଟି ଜିଲ୍ଲାର ୧୦୫୭ଟି ପଞ୍ଚାୟତରେ ୨୫୫ଟି ବସ୍ ? ଚାଲୁ ହୋଇଛି ଏବଂ ଏହା ଦ୍ୱାରା ପ୍ରାୟ ୭୧ ଲକ୍ଷରୁ ଅଧିକ ଲୋକ ଉପକାର ପାଇବେ। ତେବେ ବାଲେଶ୍ୱର ଜିଲ୍ଲାର ୩୧୫ଟି ପଞ୍ଚାୟତରେ ୪୮ଟି ବସ୍ ଚାଲୁ ହୋଇଛି। ଏଥିରେ ୨୦ଲକ୍ଷ ୪୨ ହଜାର ଲୋକ ଉପକୃତ ହେବେ। ସେହିପରି ନୂଆପଡାର ୧୨୩ଟି ପଞ୍ଚାୟତରେ ୨୫ଟି ବସ୍ ଚାଲୁ ହୋଇଛି ଓ ୫ ଲକ୍ଷ ୭୪ ହଜାର ଲୋକ ଏଥିରୁ ଉପକୃତ ହେବେ। ଅନ୍ୟପଟେ ବୌଦ୍ଧର ୫୫ଟି ପଞ୍ଚାୟତରେ ୧୦ଟି ବସ୍ ଚାଲୁ ହୋଇଛି ଏବଂ ପ୍ରାୟ ୩ ଲକ୍ଷ ୫୩ ହଜାର ଲୋକ ଏହା ଦ୍ୱାରା ଉପକୃତ ହେବେ। ସେପଟେ ଗଞ୍ଜାମର ୪୩୩ଟି ପଞ୍ଚାୟତରେ ୧୩୦ଟି ବସ୍ ? ଚାଲୁ ହୋଇଛି। ଏହା ଦ୍ୱାରା ୩୪ ଲକ୍ଷ ୪୭ ହଜାର ଲୋକ ଉପକୃତ ହେବେ। ଏହି ପରି ଭାବେ ଜଗତସିଂହପୁରର ୧୩୧ଟି ପଞ୍ଚାୟତରେ ମଧ୍ୟ ୪୨ଟି ବସ୍ ଚାଲୁ ହୋଇଛି। ଏହା ଦ୍ୱାରା ପ୍ରାୟ ୭ ଲକ୍ଷ ୫୦ ହଜାର ଲୋକ ଉପକୃତ ହେବେ।ତେବେ ଏହା ଫଳରେ ଆଜି ଓଡିଶାର ସମସ୍ତ ୩୦ଟି ଜିଲ୍ଲାରେ ଲକ୍ଷ୍ମୀ ବସ୍ ଚଳାଚଳ ଆରମ୍ଭ କରିଛି। ସମୁଦାୟ ୩୦ଟି ଜିଲ୍ଲାରେ ୧୩୫୪ଟି ବସ୍ ଚାଲିବା ଆରମ୍ଭ କରିଛି ଏବଂ ଏହା ଦ୍ୱାରା ୬୦୩୧ଟି ପଞ୍ଚାୟତର ୩.୬୪ କୋଟି ଲୋକ ଉପକୃତ ହୋଇଛନ୍ତି। ସୂଚନାଯୋଗ୍ୟ ଯେ ରାଜ୍ୟର ସବୁ ପଞ୍ଚାୟତରେ ସମୁଦାୟ ୧୭୪୫ଟି ବସ୍ ଚାଲିବ। ଏହି ଯୋଜନାରେ ପଞ୍ଚାୟତରୁ ବ୍ଲକକୁ ବସ୍ ଚଳାଚଳର ସୁବିଧା କରାଯାଇଛି। ୫ଟି ଯୋଜନାରେ ଆରମ୍ଭ ହୋଇଥିବା ଏହି କାର୍ଯ୍ୟକ୍ରମରେ ମିଶନ ଶକ୍ତି ମା'ମାନଙ୍କୁ ବସ୍ ପରିଚାଳନା ଦାୟିତ୍ୱ ଦିଆଯାଇଛି। ଏହି ଅବସରରେ ମୁଖ୍ୟମନ୍ତ୍ରୀ କହିଛନ୍ତି ଯେ ଲକ୍ଷ୍ମୀ ବସ୍ ରାଜ୍ୟର ସବୁ ଗାଁରେ ସାମାଜିକ ଓ ସାଂସ୍କୃତିକ କାର୍ଯ୍ୟକ୍ରମକୁ ଅଧିକ କ୍ରିୟାଶୀଳ କରିବା ସହିତ ବ୍ୟାପକ ଅର୍ଥନୈତିକ ଅଭିବୃଦ୍ଧି ଆଣିବ । ଗାଁ ଲୋକମାନେ ଲକ୍ଷ୍ମୀ ବସ୍ ଜରିଆରେ ସୁବିଧାରେ ଏବଂ କମ ଖର୍ଚ୍ଚରେ ସେମାନଙ୍କର ନୈନ୍ଦିନ କାର୍ଯ୍ୟ କରିପାରିବେ। ଲକ୍ଷ୍ମୀ ବସ୍ ଆମର ଜୀବନ ଯାତ୍ରାକୁ ସହଜ କରିବ ।



## ସମାନ ରାସ୍ତା; ଆଗରେ ଯାଉଛି ମହାବଳ, ପଛରେ ମଣିଷ...

ଭୁବନେଶ୍ୱର,୨୧।୨(ପି.ଏନ): ଶିମିଳିପାଳ ଅଭ୍ୟାରଣ୍ୟ କୋର ଏରିଆରୁ ଆସିଛି ଭଲ ଖବର। ସମାନ ରାସ୍ତାରେ ଆଗ, ପଛ ହୋଇ ଯାଉଛନ୍ତି ମହାବଳ ବାଘ ଓ ମଣିଷ। ଯେଉଁ ରାସ୍ତାରେ ବାଘମାମୁ ଯାଉଛନ୍ତି ସେହି ରାସ୍ତାରେ ମଣିଷ ଯାଉଛି। ମହାବଳ ଯିବାର କିଛି ମିନିଟ୍ ? ପରେ ସେହି ରାସ୍ତାରେ ଛୋଟ ଛୁଆ ସହିତ ଜଣେ ବ୍ୟକ୍ତି ଯାଉଥିବା ଚିତ୍ର ଟ୍ରାପ୍ ? କ୍ୟାମେରାରେ କଏଦ ହୋଇଛି। ଯାହାର ଫଟୋକୁ ଏକ୍ସରେ ପୋଷ୍ଟ କରିଛନ୍ତି ୱାଇଲଡ୍ ଲାଇଫ୍ ପିସିସିଏଫ ସୁଶାନ୍ତ ନନ୍ଦ ।ଏସିଆ ମହାଦେଶର ସର୍ବ ବୃହତ୍ ଜୈବ ମଣ୍ଡଳ ହେଉଛି ଶିମିଳିପାଳ ଅଭୟାରଣ୍ୟ। ଆଜି ଏହି ଭୟାରଣ୍ୟରୁ ଆସିଛି ଭଲ ଖବର। ଦିନ ବେଳେ ଅଭୟାରଣ୍ୟର କୋର ଅଞ୍ଚଳରେ ଗୋଟିଏ ମହାବଳ ବାଘ ଚାଲି ଚାଲି ଯାଉଛି। ତା'ର ପଛେ ପଛେ ଜଣେ ବ୍ୟକ୍ତି ଛୋଟ ଛୁଆକୁ ଧରି ନିର୍ଭୟରେ ଚାଲି ଚାଲି ଯାଉଛନ୍ତି। ଯାହାର ଚିତ୍ର ଅଭୟାରଣ୍ୟରେ ଲାଗିଥିବା ଟ୍ରାପ୍ ? କ୍ୟାମେରାରେ କଏଦ ହୋଇଛି। ସେହି ଫଟୋକୁ ୱାଇଲଡ୍ ଲାଇଫ୍ ପିସିସିଏଫ ସୁଶାନ୍ତ ନନ୍ଦ ସୋଶାଲ୍ ? ମିଡିଆ 'ଏକ୍ସ'ରେ ପୋଷ୍ଟ କରିଛନ୍ତି।



## ବିଧାନସଭା ଓ ଲୋକସଭା ଆସନରେ ୫୦% ମହିଳାଙ୍କୁ ଟିକଟ ଦେବ କଂଗ୍ରେସ: ଅଲକା ଲାମ୍ବା

ଭୁବନେଶ୍ୱର,୨୧।୨(ପି.ଏନ): ସାଧାରଣ ନିର୍ବାଚନ ଯେତିକି ପାଖେଇ ଆସୁଛି ରାଜନୈତିକ ଉଷ୍ମତା ସେତିକି ବୃଦ୍ଧି ପାଇବାରେ ଲାଗିଛି । ଏଥିପାଇଁ ବିଭିନ୍ନ ରାଜନୈତିକ ଦଳ ପକ୍ଷରୁ ପ୍ରସ୍ତୁତି ଜୋରଦାର ଚାଲିଛି । ଏଥିମଧ୍ୟରେ ଓଡିଶା ପ୍ରଦେଶ କଂଗ୍ରେସ କମିଟିର ମହିଳା ସଭାନେତ୍ରୀ ଅଲକା ଲାମ୍ବାଙ୍କ ନେତୃତ୍ୱରେ କଂଗ୍ରେସ ଭବନରୁ ନବୀନ ନିବାସ ଅଭିମୁଖେ ପଦଯାତ୍ରାରେ ବାହାରିଛନ୍ତି ହଜାର ହଜାର ନେତା ଓ କର୍ମୀ । ବିଜେଡି ଶାସନରେ ମହିଳାମାନେ ଅସୁରକ୍ଷିତ, ଦିନକୁ ଦିନ ମହିଳାଙ୍କ ପ୍ରତି ଅତ୍ୟାଚାର ବୃଦ୍ଧି ପାଉଥିବା ଅଭିଯୋଗ ଆଣି ନବୀନ ନିବାସ ଘେରାଉ କରିବାକୁ ବାହାରିଛି କଂଗ୍ରେସ ।ଏହା ପୂର୍ବରୁ କଂଗ୍ରେସ ଭବନ ସାମ୍ନାରେ ଏକ ବିଶାଳ ମହିଳା ସମାବେଶ କରାଯାଇଥିଲା । ଏହି ସମାବେଶରେ ନାରୀ ନିର୍ଯାତନା ଓ ହିଂସା ପ୍ରସଙ୍ଗରେ ଉଭୟ କେନ୍ଦ୍ର ଓ ରାଜ୍ୟ ସରକାରଙ୍କ ଉପରେ ବର୍ଷିଛନ୍ତି ଅଲକା ଲାମ୍ବା । ଏହି ବିଶାଳ ସଭାକୁ ଉଦ୍‌ବୋଧନ ଦେଇ ସେ କହିଥିଲେ କଂଗ୍ରେସ ବିଧାନସଭା ଓ ଲୋକସଭା ଆସନରେ ୩୩ ନୁହେଁ ୫୦% ମହିଳାଙ୍କୁ ଟିକଟ ଦେବ କଂଗ୍ରେସ । ନିକଟରେ ରାହୁଲ ଗାନ୍ଧୀ ଓଡିଶା ଗସ୍ତରେ ଆସି ଦଳୀୟ କର୍ମୀଙ୍କୁ ଗୁରୁ ମନ୍ତ୍ର ଦେଇଥିଲେ । ତାଙ୍କ ପରାମର୍ଶ ଅନୁଯାୟୀ ଓଡିଶାରେ ମହିଳା ଓ କଂଗ୍ରେସର ମହିଳା ନେତ୍ରୀମାନଙ୍କୁ ରଣନୀତି ସମ୍ପର୍କରେ ଅବଗତ କରାଯିବ ବୋଲି ଅଲକା ଲାମ୍ବା କହିଛନ୍ତି । ସେହିପରି ମହିଳା କଂଗ୍ରେସର ଓଡିଶା ଶାଖାର କାର୍ଯ୍ୟକାରିଣୀ ବୈଠକ ବସି ଏହାକୁ ପୁର୍ନଗଠନ କରାଯିବ ବୋଲି ସେ କହିଛନ୍ତି।



## ଆଦିବାସୀଙ୍କ ଉପରୁ ହଟିବ ଛୋଟ ମକଦ୍ଦମା: ନିର୍ଦ୍ଦେଶ ଦେଲେ ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକ

ଭୁବନେଶ୍ୱର,୨୧।୨(ପି.ଏନ): ଆଦିବାସୀମାନଙ୍କ ଉପରେ ଥିବା ଛୋଟ ମକଦ୍ଦମା ମାମଲା ଉଠାଇବାକୁ ରାଜ୍ୟ ସରକାର ନିଷ୍ପତ୍ତି ନେଇଛନ୍ତି । ଏନେଇ ନିଜେ ନିର୍ଦ୍ଦେଶ ଦେଲେ ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକ । ମୋଟ ୪୮୦୧୮ଟି ମାମଲା ପ୍ରତ୍ୟାହାର ପାଇଁ ନିଷ୍ପତ୍ତି ନିଆଯାଇଛି ।ସୂଚନା ଅନୁଯାୟୀ, ଏଥିରେ ଜଙ୍ଗଲ ଏବଂ ଅବକାରୀ ସଂପର୍କୀତ ମାମଲା ପ୍ରତ୍ୟାହାର ହେବ । ଅବକାରୀ ବିଭାଗର ଅଧୀନରେ ୩୬୫୫୧ଟି ମାମଲା ହଟିଯିବ ବୋଲି ରାଜ୍ୟସରକାର ନିଷ୍ପତ୍ତି ନେଇଛନ୍ତି । ଗୃହ ବିଭାଗ ଅଧୀନରେ ୯୮୬୪ ମାମଲା ହଟିବ । ଏଥିସହ ଜଙ୍ଗଲ ଏବଂ ପରିବେଶ ବିଭାଗ ଅଧୀନରେ ୧୫୯୧ ମାମଲା ହଟିବ ।



## ତାତିରୁ ମିଳିବ ଆଶ୍ୱସ୍ତି: ୨୨ରୁ ୨୬ ବର୍ଷା !

ଭୁବନେଶ୍ୱର,୨୧।୨(ପି.ଏନ): ମାଘରେ ବାଘ ପରି ଖରା। ତାତିଗଲାଣି ଭୂଇଁ। ଅସ୍ତବ୍ୟସ୍ତ ହେଲାଣି ଜୀବନ ଯାତ୍ରା। ଏପରି ସ୍ଥିତିରେ ପାଣିପାଗକୁ ନେଇ ଆସିଛି ଭଲ ଖବର। ଆଗାମୀ ୨୨ରୁ ୨୬ ତାରିଖ ଯାଏଁ ରାଜ୍ୟର କେତେକ ଜିଲ୍ଲାରେ ବର୍ଷା ହେବାର ସମ୍ଭାବନା ରହିଛି। ଭୁବନେଶ୍ୱର ଆଞ୍ଚଳିକ ପାଣିପାଗ କେନ୍ଦ୍ର ଏନେଇ ପୂର୍ବାନୁମାନ କରିଛି।ଭୁବନେଶ୍ୱର ଆଞ୍ଚଳିକ ପାଣିପାଗ କେନ୍ଦ୍ର ଜାରି କରିଥିବା ବୁଲେଟିନ୍ ? ଅନୁସାରେ ଆଜି ପରି ଆସନ୍ତାକାଲି ଉପକୂଳ ଓଡିଶାରେ ତାତି ଅନୁଭୂତ ହେବ। ଆଗାମୀ ୪ରୁ ୫ ଦିନ ଯାଏଁ ରାଜ୍ୟ ଅଧିକାଂଶ ଜିଲ୍ଲାରେ ରାତିର ତାପମାତ୍ରା ସ୍ୱାଭାବିକଠାରୁ ଅଧିକ ରହିବ। କାରଣ ୨୨ ତାରିଖରେ ରାଜ୍ୟରେ କେତେକ ସ୍ଥାନରେ ବର୍ଷା ହେବ। ୨୩ ଓ ୨୪ ତାରିଖରେ ଉପକୂଳ ଓଡିଶା ଓ ପାର୍ଶ୍ୱବର୍ତ୍ତୀ ଜିଲ୍ଲାରେ ବର୍ଷାହେବା ନେଇ ପୂର୍ବାନୁମାନ କରାଯାଇଛି। ସେହିପରି ୨୫ ଓ ୨୬ ତାରିଖରେ ଆଭ୍ୟନ୍ତରୀଣ ଓ ଉତ୍ତର ଓଡିଶାରେ କିଛି ଜିଲ୍ଲାରେ ହାଲ୍ ?କାରୁ ମଧ୍ୟମ ଧରଣର ବର୍ଷା ହୋଇପାରେ ବୋଲି ପାଣିପାଗ ବିଭାଗ ପୂର୍ବାନୁମାନ କରିଛି।

## ୟୁପିରେ କଂଗ୍ରେସକୁ ୧୭ ଆସନ, ୬୩ଟି ସ୍ଥାନରେ ଲଢ଼ିବ ସପା

ଭୁବନେଶ୍ୱର,୨୧।୨(ପି.ଏନ): ଦେଶର ସବୁଠାରୁ ବଡ ରାଜ୍ୟ ଉତ୍ତର ପ୍ରଦେଶରେ ଦେଶର ସର୍ବପୁରାତନ ରାଜନୀତିକ ଦଳ କଂଗ୍ରେସ କେବଳ ୧୭ଟି ଲୋକସଭା ଆସନରେ ପ୍ରାର୍ଥୀ ଦେବ। ବାକି ୬୩ଟି ଲୋକସଭା ଆସନରେ ଅଖିଲେଶ ଯାଦବଙ୍କ ସମାଜବାଦୀ ପାର୍ଟି ଓ ଇଣ୍ଡିଆ ମେଣ୍ଟରେ ଥିବା ଅନ୍ୟ ଦଳଗୁଡିକ ଲଢ଼େଇ କରିବେ।ଦୁଇ ଦଳ ମଧ୍ୟରେ ସିଟ ଶେୟାରିଂକୁ ନେଇ ଚାଲିଥିବା ଅଙ୍କକଷାରେ ଆଜି ପୂର୍ଣ୍ଣଛେଦ ପଡିଛି। ଦୁଇ ଦଳ ଆସନ୍ତା ଲୋକସଭା ନିର୍ବାଚନ ଏକାଠି ଲଢ଼ିବେ ବୋଲି ଡିଲ ଫାଇନାଲ କରିଛନ୍ତି। ପ୍ରଥମଥର ପାଇଁ ଇଣ୍ଡିଆ ମେଣ୍ଟରେ ଥିବା ଦୁଇ ଦଳ ମଧ୍ୟରେ କୌଣସି ରାଜ୍ୟରେ ସିଟ ଶେୟାରିଂ ଫର୍ମୁଲା କାର୍ଯ୍ୟକାରୀ ହୋଇଛି।ମେଣ୍ଟ ସମ୍ପର୍କରେ ସୂଚନା ଦେଇ ଉତ୍ତର ପ୍ରଦେଶର କଂଗ୍ରେସ ପ୍ରଭାରୀ ଅଭିନାଶ ପାଣ୍ଡେ କହିଛନ୍ତି, "ମୁଁ ଆପଣମାନଙ୍କୁ ବେଶ ଖୁସିର ସହ କହିବାକୁ ଚାହୁଁଛି ଯେ ଜାତୀୟ କଂଗ୍ରେସ ଉତ୍ତର ପ୍ରଦେଶର ୧୭ଟି ଆସନରେ ପ୍ରାର୍ଥୀ ଦେବ। ବାକି ୬୩ଟି ଆସନରେ ଇଣ୍ଡିଆ ମେଣ୍ଟରେ ଥିବା ସପା ଓ ଅନ୍ୟ ଦଳଗୁଡିକ ଲଢ଼େଇ କରିବେ।"



## ବହୁ ବିଜେଡ଼ି ନେତା ଓ କର୍ମୀ କଂଗ୍ରେସରେ ଯୋଗଦେଲେ

ଭୁବନେଶ୍ୱର୨୧।୨(ପି.ଏନ): ଆଜି ବଡ଼ମ୍ବା ନରସିଂହପୁର ବିଧାନସଭା ନିର୍ବାଚନ ମଣ୍ଡଳୀର ଶ୍ରୀ ସଂଜୟ କୁମାର ସାହୁଙ୍କ ନେତୃତ୍ୱରେ ଶତାଧିକ ବିଜେଡ଼ି ନେତା ଓ କର୍ମୀ କଂଗ୍ରେସ ଦଳରେ ଯୋଗଦାନ କରିଛନ୍ତି। ଏହି ଅବସରରେ ଆୟୋଜିତ ଏକ ମିଶ୍ରଣ କାର୍ଯ୍ୟକ୍ରମରେ ଓଡ଼ିଶା ପ୍ରଦେଶ କଂଗ୍ରେସ କମିଟି ସଭାପତି ଶ୍ରୀ ଶରତ ପଟ୍ଟନାୟକଙ୍କ ସମସ୍ତଙ୍କୁ ଉତରୀୟ ଓ ପୁଷ୍ପଗୁଚ୍ଛ ପ୍ରଦାନ କରି କଂଗ୍ରେସ ଦଳରେ ଗ୍ରହଣ କରିନେଇଥିଲେ। ଏହି ଅବସରରେ ଶ୍ରୀ ପଟ୍ଟନାୟକ କହିଲେ ଯେ ଆପଣମାନଙ୍କର ଯୋଗଦାନ କଂଗ୍ରେସ ଦଳକୁ ଅଧିକ ସୁଦୃଢ଼ କରିବ। କଂଗ୍ରେସ ଦଳରେ ଯୋଗଦେଇଥିବା ନେତା ଓ କର୍ମୀମାନେ କଂଗ୍ରେସ ଦଳକୁ ସୁଦୃଢ଼ କରିବା ସହ ପିସିସି ସଭାପତି ଶ୍ରୀ ଶରତ ପଟ୍ଟନାୟକଙ୍କ ହାତମୁଠାକୁ ଟାଣ କରିବେ ବୋଲି ନିଜ ପ୍ରତିକ୍ରିୟାରେ ପ୍ରକାଶ କରିଥିଲେ। ଯୋଗଦେଇଥିବା ନେତା ଓ କର୍ମୀ ହେଲେ ସର୍ବଶ୍ରୀ ସଂଜୟ କୁମାର ସାହୁ, ଅଖିଳ ପଣ୍ଡା ପୂର୍ବତନ ସରପଂଚ, ଦାସରଥି ସାହୁ, ଶ୍ରୀବତ୍ସ କଟୁଆଳ, ଭରତ ସିଂ, ସାରଙ୍ଗ ଦାସ ପ୍ରମୁଖ ଶତାଧିକ ନେତା ଓ କର୍ମୀ। ଆଜିର ଏହି କାର୍ଯକ୍ରମରେ କଂଗ୍ରେସ ନେତା ସର୍ବଶ୍ରୀ ବିଭୁତି ମିଶ୍ର, ତରୁଣ ମିଶ୍ର, ବିନୋଦ ପାଣି ପ୍ରମୁଖ ଉପସ୍ଥିତ ଥିଲେ।

## ବିଜେପିକୁ ଫେରିବେ ସିଦ୍ଧୁ, ଗୁରଦାସପୁରରୁ ଲଢ଼ିବେ ଯୁବରାଜ ସିଂହ !

ନୂଆଦିଲ୍ଲୀ,୨୧।୨(ପି.ଏନ): ବରିଷ୍ଠ କଂଗ୍ରେସ ନେତା ନବଜୋତ ସିଂହ ସିଦ୍ଧୁ ପୁଣିଥରେ ବିଜେପିକୁ ଫେରିବେ। ସେହିପରି ପୂର୍ବତନ କ୍ରିକେଟର ଯୁବରାଜ ସିଂହ ଆସନ୍ତା ଲୋକସଭା ନିର୍ବାଚନ ବେଳେ ଗୁରଦାସପୁରରୁ ବିଜେପି ଟିକେଟରେ ନିର୍ବାଚନ ଲଢ଼ିବେ ବୋଲି ଚର୍ଚ୍ଚା ଆରମ୍ଭ ହୋଇଛି।ସିଦ୍ଧୁ ଚାଷୀ ଆନ୍‌ଦୋଳନକୁ ନେଇ କେନ୍ଦ୍ରକୁ ସମାଲୋଚନା କରୁଥିଲେ ହେଁ ସେ ବିଜେପିକୁ ଫେରିବା ନେଇ ଖବର ପ୍ରକାଶ ପାଇଛି। ନିଜର ତୁଣ୍ଡ ପାଇଁ ସବୁବେଳେ ଚର୍ଚ୍ଚାରେ ରହୁଥିବା ସିଦ୍ଧୁ କଂଗ୍ରେସରେ ଥିଲେ ମଧ୍ୟ ପଞ୍ଜାବର ଦଳୀୟ ନେତୃତ୍ୱଙ୍କ ସହ ତାଙ୍କର ପଡୁନାହିଁ।

## ସମ୍ପୂର୍ଣ୍ଣ ଭଙ୍ଗା ହେବ ଐତିହାସିକ ବାରବାଟୀ ଷ୍ଟାଡିୟମ ! ସୂଚନା ଦେଲେ ଓସିଏ ସମ୍ପାଦକ

କଟକ,୨୧।୨(ପି.ଏନ): ଓଡିଶାର ଅନ୍ୟତମ ପରିଚୟ କଟକ ବାରବାଟୀ ଷ୍ଟାଡିୟମକୁ ସମ୍ପୂର୍ଣ୍ଣ ଭାଙ୍ଗିବା ପାଇଁ ଆଲୋଚନା କରାଯାଉଛି । ୧୯୫୨ ମସିହାରୁ ଓଡିଶାକୁ ବିଶ୍ୱସ୍ତରରେ ସ୍ୱତନ୍ତ୍ର ପରିଚୟ ଦେଇଥିବା ବାରବାଟୀ ଷ୍ଟାଡିୟମ ଭାଙ୍ଗି ଦିଆଯିବ ବୋଲି ଓଡିଶା କ୍ରିକେଟ ଆସୋସିଏସନର ସମ୍ପାଦକ ସଞ୍ଜୟ ବେହେରା ସୂଚନା ଦେଇଛନ୍ତି । କାରଣ ବାରବାଟୀ ଷ୍ଟାଡିୟମ ପାଇଁ ନୂଆ ଯୋଜନା କରୁଛନ୍ତି ରାଜ୍ୟ ସରକାର ।କଟକ ବାରବାଟୀ ଷ୍ଟାଡିୟମକୁ ବିଶ୍ୱସ୍ତରୀୟ ମାନ୍ୟତା ଦେବା ପାଇଁ ସରକାର ଅଣ୍ଟା ଭିଡିଛନ୍ତି । ଏଥିପାଇଁ ଆଜି ଫାଇଭ-ଟି ସଚିବ ଭି.କେ ପାଣ୍ଡିଆନ୍ ଷ୍ଟାଡିୟମ ଯାଇ ସ୍ଥିତି ସମୀକ୍ଷା କରିଛନ୍ତି । ଖୁବଶୀଘ୍ର ଷ୍ଟାଡିୟମକୁ ଭଙ୍ଗାଯିବା ସହ ପୁଣିଥରେ ଏହାକୁ ନୂଆ କରି ତିଆରି କରିବାକୁ ଯୋଜନା କରାଯାଉଛି । ଏ ନେଇ ଓଡିଶା କ୍ରିକେଟ ଆସୋସିଏସନ୍ (ଓସିଏ) ସମ୍ପାଦକ ସଞ୍ଜୟ ବେହେରା ସୂଚନା ଦେଇଛନ୍ତି । ଏହି ଐତିହାସିକ ଷ୍ଟାଡିୟମକୁ ସମ୍ପୂର୍ଣ୍ଣ ଭଙ୍ଗାଯାଇ ପୁଣିଥରେ ବିଶ୍ୱସ୍ତରୀୟ କରାଯିବ ବୋଲି ସେ ପ୍ରକାଶ କରିଛନ୍ତି । ନୂଆ ଷ୍ଟାଡିୟମରେ ଅଧିକ ଦର୍ଶକଙ୍କ ପାଇଁ ଷ୍ଟାଡିୟମର କ୍ଷମତା ବୃଦ୍ଧି କରାଯିବ ।ବର୍ତ୍ତମାନ ୪୨ ହଜାର ଦର୍ଶକ ବ୍ୟବସ୍ଥା ରହିଥିବା ବେଳେ ନୂଆ ଷ୍ଟାଡିୟମରେ ୬୦ ହଜାରକୁ ବୃଦ୍ଧି ପାଇବ ଦର୍ଶକ କ୍ଷମତା ।କଟକର ଏହି ଷ୍ଟାଡିୟମର ମୂଳଭିତ୍ତି ୧୯୫୨ ମସିହାରେ ତିଆରି ହୋଇଥିଲା । ତେଣୁ ଏହାକୁ ସମ୍ପୂର୍ଣ୍ଣ ଭଙ୍ଗା ନ ଗଲେ ନୂଆ କରି ତିଆରି ହେବା ସମ୍ଭବ ନୁହେଁ । ତେଣୁ ଷ୍ଟାଡିୟମକୁ ବିଶ୍ୱସ୍ତରୀୟ କରିବା ପାଇଁ ଷ୍ଟାଡିୟମକୁ ସମ୍ପୂର୍ଣ୍ଣର୍ ଭଙ୍ଗାଯିବା ପରେ ଏହାର ନବନିର୍ମାଣ କାର୍ଯ୍ୟ ଆରମ୍ଭ ହେବ ବୋଲି କହିଛନ୍ତି ଓସିଏ ସମ୍ପାଦକ ସଞ୍ଜୟ ବେହେରା ।



## ଇଫକୋ ପାରାଦୀପ ୟୁନିଟ ରେ ଐତିହାସିକ ତୃତୀୟ ସଲଫୁରିକ ଏସିଡ ପ୍ଲାଣ୍ଟ ଉଦଘାଟିତ

ପାରାଦୀପ,୨୧।୨(ପି.ଏନ): ସାରା ଦେଶ ଓ ରାଜ୍ୟରେ କୃଷି ଓ କୃଷକର ଉନ୍ନତିରେ ଇଫକୋ ର ଗୁରୁତ୍ୱପୂର୍ଣ୍ଣ ସହଯୋଗ ଓ ଭୂମିକା ରହିଆସିଛି କ୍ଷ ଦେଶରେ ସାର ଉତ୍ପାଦନ କ୍ଷେତ୍ରରେ କେବଳ ପାରାଦୀପ ୟୁନିଟରୁ ଇଫକୋ ର ୧୪ ପ୍ରତିଶତ ସାର ଉତ୍ପାଦନ ହେଉଛି କ୍ଷ ଏତଦବ୍ୟତୀତ ଏକକ ଷ୍ଟ୍ରିମ ଫସଫରିକ ଏସିଡ ଉତ୍ପାଦନ କ୍ଷେତ୍ରରେ ଇଫକୋ ହେଉଛି ବିଶ୍ୱର ଏକ ସର୍ବ ବୃହତ ସଂସ୍ଥା କ୍ଷ ସୂଚନାଥାଉକି, ସାର ଉତ୍ପାଦନ ପାଇଁ ସଲଫୁରିକ ଏସିଡ ହେଉଛି ଏକ ମୁଖ୍ୟ କଞ୍ଚାମାଲ କ୍ଷ ତେଣୁ ଆତ୍ମନିର୍ଭର ଭାରତ ଅଭିଯାନ ପରିପ୍ରେକ୍ଷୀରେ ଇଫକୋ ପାରାଦୀପ ୟୁନିଟ ରେ ଏକ ଐତିହାସିକ ତୃତୀୟ ସଲଫୁରିକ ଏସିଡ ପ୍ରତିଷ୍ଠା କରାଯାଇଛି କ୍ଷ ଦୈନିକ ୨ ହଜାର ଟନ କ୍ଷମତା ବିଶିଷ୍ଟ ଏହି ସଲଫୁରିକ ଏସିଡ ପ୍ଲାଣ୍ଟ କୁ ଫେବୃଆରୀ ୨୦ ତାରିଖ ମଙ୍ଗଳବାର ଦିନ ଇଫକୋ ର ସର୍ବ ଭାରତୀୟ ପରିଚାଳନା ନିର୍ଦ୍ଦେଶକ ଡ଼ଃ. ୟୁ.ଏସ.ଆୱସ୍ତି ଆନୁଷ୍ଠାନିକ ଭାବେ ଉଦଘାଟନ କରିଥିଲେ କ୍ଷ ଏହି ପ୍ଲାଣ୍ଟ ଟି ଏମ/ଏସ ଟେକନିଗ ଏନର୍ଜିସ ଏମଇସିଏସ ଦ୍ୱାରା ୟୁଏସଏ ଜ୍ଞାନକୌଶଳରେ ନିର୍ମାଣ କରାଯାଇଛି କ୍ଷ ଏହି ପ୍ଲାଣ୍ଟ ର ଉଦଘାଟନୀ କାର୍ଯ୍ୟକ୍ରମରେ ପାରାଦୀପ ବନ୍ଦର ଅଧ୍ୟକ୍ଷ ପି.ଏଲ.ହରନାଦ,ଉପାଧ୍ୟକ୍ଷ ନୀଳାଭ୍ର ଦାସଗୁପ୍ତା, ପାରାଦୀପ ଅତିରିକ୍ତ ଜିଲ୍ଲାପାଳ ନିରଞ୍ଜନ ବେହେରା, ଫ୍ୟାକ୍ଟ୍ରିଆଣ୍ଡ ବଏଲର ର ଉପ ନିର୍ଦ୍ଦେଶକ ଏମ.ପଣ୍ଡା, ସହ ନିର୍ଦ୍ଦେଶକ ଚନ୍ଦ୍ରକାନ୍ତ ଦଳାଇ, ଟି.ଇ.ଆଇ ଲ୍ୟାଣ୍ଡ ପରିଚାଳନା ନିର୍ଦ୍ଦେଶକ ପି.ଭେନୁସାମି, ଦେବେନ୍ଦ୍ର କୁମାର, ପାରାଦୀପ ଇଫକୋ ୟୁନିଟ ର ନିର୍ଦ୍ଦେଶକ ତଥା ମୁଖ୍ୟ କେ.ଜେ.ପଟେଲ ପ୍ରମୁଖ ଉପସ୍ଥିତ ଥିଲେ।








# ଟି ଟାଇମ୍

## ସ୍ୱର୍ଗଦ୍ୱାର ପାଲଟିଛି ଗଛ

ଇଣ୍ଡୋନେସିଆର ଦକ୍ଷିଣ ସୁଲାବେସି ପ୍ରାନ୍ତରେ ଏଭଳି ଏକ ଗଛ ରହିଛି ଯାହାକୁ ନେଇ ସେଠାକାର ଲୋକଙ୍କର ଏକ ଅନ୍ଧବିଶ୍ୱାସ କରିଛି । କଥା କ'ଣ ସେହି ଗଛ ନିଜେ ହିଁ ସେ ଅଞ୍ଚଳର ସ୍ୱର୍ଗଦ୍ୱାର ପାଲଟିଛି । ସେଠାକାର ଅନେକ ଲୋକ ତାଙ୍କ ପିଲାମାନଙ୍କର ମୃତ୍ୟୁ ପରେ ତାଙ୍କ ମୃତ ଦେହକୁ ମାଟିରେ ପୋତିବା ବଦଳରେ ଗଛ ମଧ୍ୟରେ ହିଁ ପୋତିଥାନ୍ତି । ସେମାନଙ୍କ ମାନ୍ୟତା ରହିଛି ସେପରି କଲେ ସେମାନଙ୍କର ପିଲାମାନଙ୍କୁ ପ୍ରକୃତି ତାଙ୍କ ମଧ୍ୟରେ ଆଶ୍ରୟ ଦେଇଥାଏ । ଏହି ଖାସ୍ ପ୍ରକାରର ଗଛ ସେଠାକାର ତାନା ତୋରାଜା ନାମକ ସ୍ଥାନରେ ଅବସ୍ଥିତ । ସେ ଗାଁର ପିଲାମାନେ ମରିଯିବା ପରେ ଗଛରେ ତାଙ୍କର ସମାଧି ବନାଇବା ପାଇଁ ଗଛର ଗଣ୍ଡିକୁ ପ୍ରଥମେ ଖୋଳି ସ୍ଥାନ ବନାଇଥାନ୍ତି ପରେ ତାଙ୍କ ଶିଶୁର ଶବକୁ ଗୋଟିଏ କପଡ଼ାରେ ଗୁଡ଼ାଇ ସେହି ଗଛ ମଧ୍ୟରେ ରଖିଦିଅନ୍ତି । ତା'ପରେ ଗାତକୁ ପୋତିବା ପାଇଁ ଗଛ ଗଣ୍ଡିରେ ପ୍ରସ୍ତୁତ ପ୍ରାଇବର ଋଦର ବ୍ୟବହାର କରନ୍ତି । ଗଛ ମଧ୍ୟରେ କେବଳ ସେହି ପିଲାମାନଙ୍କୁ ପୋତାଯାଏ ଯାହାର ଦାନ୍ତ ଉଠିନଥିବ । ସମୟକ୍ରମେ ସେହି ଖାଲ ସ୍ଥାନ ଆପେ ଆପେ ପୂରିଯାଏ । ଏହାକୁ ଦେଖି ଗାଁଲୋକ ମାନି ନିଅନ୍ତି ତାଙ୍କ ମରିଯାଇଥିବା ଶିଶୁକୁ ପ୍ରକୃତିର କୋଳକୁ ଋଲିଗଲା ।

## ସବୁଠାରୁ ବଡ଼ ଦାନ

ତୃଷିତଙ୍କୁ ପାଣିଦେବା ଓ କ୍ଷୁଧିତକୁ ଭୋଜନ ଦେବା ଦୁନିଆର ସବୁଠୁ ବଡ଼ ଦାନ ବୋଲି ଶାସ୍ତ୍ର କହିଥାଏ । ଭୋଜନ ଦେବା ପରେ ଯଦି ଭୋକ ଶାନ୍ତ ହୋଇଯାଏ ତ ସବୁ ବସ୍ତୁ ସୁନ୍ଦର ଦେଖାଯାଏ । କିନ୍ତୁ ଦୁଇ-ତିନିଦିନର ଭୋକିଲା ଲୋକକୁ ଟଙ୍କା ବିଡ଼ା ଦିଅଯାଏ ଅଥବା ସୁନା,ରୂପା ଦେଲେ ମଧ୍ୟ ସେ ନିଜର ପେଟକୁ ଖାଇବା ପାଇଁ ଅନୁରୋଧ କରିଥାଏ । ତେବେ ପେଟ ପୂରିବା ପରେ ଯାଇ ତାକୁ ଧନ ଦୌଲତ ଭଲ ଲାଗିଥାଏ । ଭୋକିଲା ଲେକଙ୍କୁ ଖାଦ୍ୟ ଦରକାର ଟଙ୍କାର ବିଡ଼ା ନୁହେଁ । ପେଟର ଭୋକ ଶାନ୍ତ ହେବାପରେ ଯାଇ ଟଙ୍କା, ସୁନା, ଘର ଦ୍ୱାରା, ସ୍ତ୍ରୀ, ପୁତ୍ର, ଭୋଗ ଜାଗ୍ରତ ହୋଇଥାଏ । ଶୋଷ ଲାଗିଲେ ସାରା ଦୁନିଆଁ ମଧ୍ୟ ନୀରସ ଦେଖାଯାଏ । ଶୋଷରେ ବ୍ୟାକୁଳ ଲୋକ ଗୋଟିଏ ମାତ୍ର ଜିନିଷ ଆବଶ୍ୟକ କରେ ତାହା ହେଉଛି ପାଣି । ପାଣି ହିଁ ଜୀବନ ଅଟେ ପାଣି ନମିଳିଲେ ଜୀବନ ମୃତ୍ୟୁସମାନ ହୋଇଯାଏ । ସେଥିପାଇଁ କୁହାଯାଇଛି ଜଳହିଁ ଜୀବନ । ତେଣୁ ଏଥିପାଇଁ କୁହାଯାଏ ଯଦି ଭୋକିଲା ଲୋକକୁ କିଛି ଖାଦ୍ୟ କିମ୍ବା ଶୋଇଲା ଲୋକଙ୍କୁ ଜଳଦାନ କରାଯାଏ ତେବେ ତାହା ସର୍ବଶ୍ରେଷ୍ଠ ଦାନରେ ପରିଗଣତି ହୋଇଥାଏ, ଦାନ କରିଥିବା ବ୍ୟକ୍ତି ମୋକ୍ଷ ପ୍ରାପ୍ତି କରିଥାଏ ।

## ଥକ୍କାପଣ ଦୂର କରିବ ପ୍ରୋଟିନ୍ ଖାଦ୍ୟ

ଅଧିକାଂଶ ସମୟ ଲୋକଙ୍କର ଅଭିଯୋଗ ରହିଆସିଛି ଯେ, ସେମାନେ ଅଳ୍ପ କାମ ରେ ଜଲଦି ଥକିପଡ଼ନ୍ତି । କିଛି ବ୍ୟକ୍ତି ଏଭଳି ବି ଅଛନ୍ତି ଯିଏ କିଛି କାମ ନ କରି ମଧ୍ୟ ଥକ୍କା ଅନୁଭବ କରିଥାନ୍ତି। ଶରୀରରେ ଶକ୍ତିର କମି ଫଳରେ ଜଣେ ବ୍ୟକ୍ତି ଥକ୍କା ଅନୁବବ କରିଥାଏ । ତେଣୁ ଶରୀରକୁ ଶକ୍ତିଶାଳୀ ବନାଇବାପାଇଁ ଆପଣ ଆପଣଙ୍କ ଖାଦ୍ୟରେ ଦିନଚର୍ଯ୍ୟାରେ ପ୍ରୋଟିନ୍ ଯୁକ୍ତ ଖାଦ୍ୟ ସାମିଲ କରନ୍ତୁ । ପୂରା ଦିନ ପାଣି କିମ୍ବା କିଛି ତରଳ ପଦାର୍ଥ ପିଇବା ଉଚିତ୍ । ପାଣି ଶରୀରର ହାନୀକାରକ ତତ୍ତ୍ୱକୁ ବାହାରକୁ ବାହାର କରି ଶାରୀରିକ ପ୍ରଣାଳୀରେ ନୂତନ ଶକ୍ତି ସୃଷ୍ଟି କରିଥାଏ । ସର୍ବତ, ଫଳରସ, ନଡ଼ିଆ ପାଣି ଭଳି ପାଣି ଜିନିଷ ପିଇବା ଉଚିତ୍ । ଶାରୀରିକ ସତେଜ ରହିବା ପାଇଁ ପ୍ରୋଟୀନ୍ ଯୁକ୍ତ ଖାଦ୍ୟ ନିଜ ଖାଦ୍ୟରେ ଗ୍ରହଣ କରିବା ଉଚିତ୍ । କାର୍ବୋହାଇଡ୍ରେଟ୍ରୁ ଶରୀରକୁ ଶକ୍ତି ମିଳିଥାଏ। ଫଳମାନଙ୍କ ମଧ୍ୟରେ କମଳା, ଆତାବି, ଲିଚି ଆଦି ଖାଇବା ଉଚିତ୍ । ଏଥିରେ ପ୍ରଚୁର ମାତ୍ରାରେ ଗ୍ଲୁକୋଜ ରହିଥାଏ ।

# ପୁରାଣ କାହାଣୀ

## ପଣ୍ଡୁ ଓଷା



ମାର୍ଗଶିର ମାସର ପୂର୍ଣ୍ଣିମା ଦିନ ଏହି ଓଷା ପାଳନ କରାଯାଏ। ମାର୍ଗଶିର ପୂର୍ଣ୍ଣିମାକୁ ପଣ୍ଡୁ ପୂର୍ଣ୍ଣିମା ମଧ କୁହାଯାଏ। ଏହି ସମୟରେ ହେମନ୍ତ ଋତୁ ସରି, ଶୀତର ଆରମ୍ଭ ହେଉଥାଏ। ସକାଳୁ ସକାଳୁ କୁହୁଡି ହେତୁ ସର୍ବତ୍ର ଫିକାଧଳା ବା ପାଣ୍ଡୁରା ବର୍ଣ୍ଣ ଦିଶୁଥାଏ। ଏଣୁ ଏହି ପୂର୍ଣ୍ଣିମାର ନାଁ ପଣ୍ଡୁ ପୂର୍ଣ୍ଣିମା କୁହାଯାଏ। ବଡ ଓଷା ପରି ଏହି ବ୍ରତକୁ ଗଜ ବସାଇ ପାଳନ କରାଯାଏ। ନାରୀମାନେ ଏହି ବ୍ରତ ମାଧ୍ୟମରେ ଯମରାଜଙ୍କୁ ପୂଜା ବା ଉପାସନା କରନ୍ତି। ଏହାର ମୁଖ୍ୟ ଉଦ୍ଦେଶ୍ୟ ପୁତ୍ର ସନ୍ତାନ କାମନା। ଏହି ବ୍ରତ ପାଳନରେ କିଛି ସ୍ୱତନ୍ତ୍ର ବିଧି ରହିଛି। ଏଥି ପାଇଁ ଗୃହ ଚଟାଣକୁ ଗୋବରରେ ଚକ୍କଣ କରି ଲିପାଯାଏ। ଚିତା ଓ ମୁରୁଜ ତା' ଉପରେ ପକାଯାଏ। ଗଜକୁ ସ୍ଥାପନ କରାଯାଏ ଏବଂ ପୂଜନ ବିଶେଷକରି ପୁରୋହିତଙ୍କ ଦ୍ୱାରା ଯମରାଜଙ୍କୁ ଆବାହନ, ପୂଜନ ଏବଂ ନୈବେଦ୍ୟ ଅର୍ପଣ ପୂର୍ବକ ଭକ୍ତି ପ୍ରଣତି ବଢ଼ାଯାଏ। ଏହି ପୂଜାର ମୁଖ୍ୟ ଭୋଗ ହେଉଛି ମଣ୍ଡା ପିଠା। ପୂର୍ବ ପ୍ରସ୍ତୁତି ଅନୁଯାୟୀ ନୂଆ ଗୋବର ଲିପା ଟୋକେଇ ବା ପାଛିଆରେ ପୁରୁଣା ଧାନ ଆଣି ଢ଼ିଙ୍କିରେ କୁଟି ଚାଉଳ କରାଯାଏ। ଏହି ଚାଉଳକୁ ପୁଣି ଚୂନା କରି ସେଥିରେ ନଡିଆ ଦେଇ ନଡିଆ ମଣ୍ଡା କରାଯାଏ ଓ ପୂଜାଭୋଗ କରାଯାଏ। ଏହା ସହିତ ଖଇ, କଦଳୀ, ଫଳ ଏବଂ ଛେନା ଆଦି ଭୋଗ ମଧ ବଢ଼ାଯାଏ। ପଣ୍ଡୁଓଷା ଏକ ନିଷ୍ଠାର ବ୍ରତ। ନାରୀଜାତି ବିଶେଷ କରି ମା'ମାନଙ୍କ ପାଇଁ ଏହା ଗୁରୁତ୍ୱପୂର୍ଣ୍ଣ ଅଟେ।

## ପଠାଣି ସାମନ୍ତ

ଆଜିର ଦିନରେ ମହାମହୋପାଧ୍ୟାୟ ସାମନ୍ତ ଚନ୍ଦ୍ରଶେଖରଙ୍କ ଜନ୍ମ ଦିନ ପାଳନ କରାଯାଉଛି। ୧୮୩୫ ମସିହା ଡିସେମ୍ବର ୧୩ ତାରିଖରେ ପୌଷ କୃଷ୍ଣ ଅଷ୍ଟମୀ ତିଥିରେ ଚନ୍ଦ୍ରଶେଖର ଖଣ୍ଡପଡାର ଏକ ରାଜବଂଶରେ ଜନ୍ମ ଗ୍ରହଣ କରିଥିଲେ। ବହୁ ସନ୍ତାନ ନଷ୍ଟ ହୋଇଯିବା ପରେ ମାତାପିତା ଚନ୍ଦ୍ରଶେଖରଙ୍କର ଦୀର୍ଘାୟୀ ଓ ମଙ୍ଗଳ କାମନା କରିଥିଲେ। ପରେ ଖଣ୍ଡପଡା ନିକଟସ୍ଥ ଖୁଣ୍ଟୁପଡା ନିକଟସ୍ଥ ଖୁଣ୍ଟୁପଡା ଗ୍ରାମସ୍ଥିତ ମହାଦେବ ଶ୍ରୀ ଶ୍ରୀ ଚନ୍ଦ୍ରଶେକରଙ୍କ ପ୍ରସାଦରୁ ଏହି ବାଳକ ଜନ୍ମ ଗ୍ରହଣ କରିଥିବାର ବିଶ୍ୱାସ କରି ପିତାମାତା ତାଙ୍କର ନାମ ଚନ୍ଦ୍ରଶେଖର ରଖିଥିଲେ। ଡାକ ନାମ ତାଙ୍କର ପଠାଣି ବି ଥିଲା । ପଠାଣିଙ୍କର ପୂରା ନାମ ହେଉଛି ଚନ୍ଦ୍ରଶେଖର ସିଂହ ହରିଚନ୍ଦନ ମହାପାତ୍ର। ଚନ୍ଦ୍ରଶେଖର ପିଲାବେଳୁ ଉଦାସୀନ, ମନଯୋଗୀ,



ଏକାଗ୍ରଚିତ୍ତ, ଅଧ୍ୟବସାୟୀ ଓ ଉଦାରମନା ଥିଲେ। ବିଚିତ୍ରବର୍ଣ୍ଣ। ବ୍ରହ୍ମାଣ୍ଡର ନାକ୍ଷତ୍ରିକ ଗତିବିଧି ପ୍ରତି ଆକୃଷ୍ଟ ହୋଇଥିଲେ ସେ। ଜ୍ୟୋତିଷବିଦ୍ୟା ଜାଣିବା ପାଇଁ ଆଗ୍ରହୀ ହୋଇ ଦଶବର୍ଷ ବୟସରେ ପଠାଣି ନିଜ ବାପାଙ୍କ ଠାରୁ କିଛରି ଜ୍ୟୋତିର୍ବିଜ୍ଞାନ ଶିଖିଥିଲେ। ସେତେବେଳେ ତାଙ୍କ ବାପା ଜଣେ ପ୍ରଧାନ ଗାଣିତିକ ଥିଲେ। ବାପାଙ୍କ ସହିତ ଗଣିତ ଜ୍ୟୋତିଷର ଆଲୋଚନା ମାଧ୍ୟମରେ ଶିକ୍ଷା ଲାଭ କରିଥିଲେ। ସେ ପୁରାତନ ଜ୍ୟୋତିଷ ଶାସ୍ତ୍ରମାନ ପର୍ଯ୍ୟାଲୋଚନା କରି ତାରା ଜଗତର ଗତିବିଧି ଅନୁଧ୍ୟାନ କରିବା ସହ ସୂକ୍ଷ୍ମ ଯନ୍ତ୍ରମାନ ଉଦ୍ଭାବନ କରିଥିଲେ। ଦୁଇଟି ବାଉଁଶ ନଳ ସାହାଯ୍ୟରେ ଦୂର ପାହାଡକୁ ମାପି ଦୂରବୀକ୍ଷଣ ଯନ୍ତ୍ର ନିର୍ମାଣ କରିଥିଲେ। ପଠାଣୀ ସାମାନ୍ତ ୧୮୬୯ ରେ 'ସିଦ୍ଧାନ୍ତ ଦର୍ପଣ' ଲେଖିବା ଆରମ୍ଭ କରିଥିଲେ। ୧୮୯୨ ରେ ଏହି ଗ୍ରନ୍ଥ ରଚନା ଲେଖା ଶେଷ ହୋଇଥିଲା। ସିଦ୍ଧାନ୍ତ ଦର୍ପଣ ମୂଳତଃ ସଂସ୍କୃତ ଭାଷାରେ ଶ୍ଲୋକ ମାନଙ୍କରେ ରଚିତ, ଗ୍ରନ୍ଥଟିରେ ରହିଛି ଚବିଶଟି ପ୍ରକାଶ (ସର୍ଗ)। ଏହି ଗ୍ରନ୍ଥର ମୋଟ ଶ୍ଲୋକ ସଂଖ୍ୟା ୨୫୦୦। ଏଥିରେ ପାଟି ଗଣିତ, ବୀଜଗଣିତ, ସ୍ଥୁଳ ଓ ସୂକ୍ଷ୍ମଗ୍ରହ ଗଣନା, ପଞ୍ଜୟାଦିର ବାଖ୍ୟା, ନଦୀ ଓ ପାହାଡମାନଙ୍କର ଭୌଗଳିକ ମାସ ଓ ସ୍ଥିତି ଆଦି ଆରାଧ୍ୟ ଦେବତା ଶ୍ରୀଜଗନ୍ନାଥ ଓ ଶ୍ରୀକୃଷ୍ଣଙ୍କ ଆଶୀର୍ବାଦ ଭିକ୍ଷା କରାଯାଇଛି। ନିରବଚ୍ଛିନ୍ନ ଅଧ୍ୟବସାୟ, ଇଚ୍ଛାଶକ୍ତି ଓ ଅବିଶ୍ରାନ୍ତ ଗବେଷଣା ଫଳରେ ଦୂରଦୂରାନ୍ତର ଜ୍ୟୋତିଷ ମଣ୍ଡଳର ଗ୍ରହ ନକ୍ଷତ୍ରର ସ୍ଥିତି ଓ ଚଳନ ନିର୍ଭୁଲ ଭାବେ ଗଣନା କରିପାରୁଥିଲେ ପଠାଣି ସାମନ୍ତ।

# ଆଜିର ଭାଗ୍ୟ

**ମେଷ**: ସେବା ମନୋଭାବ ଯୋଗୁଁ କର୍ମକ୍ଷେତ୍ରରେ ସମ୍ମାନୀୟ ବ୍ୟକ୍ତି ବିଶେଷଙ୍କଠାରୁ ସାହାଯ୍ୟ ସହଯୋଗ ପାଇବେ। ବ୍ୟବସାୟ ଓ ନିର୍ମାଣ କ୍ଷେତ୍ରରେ ସମସ୍ୟର ସମାଧାନ ହେବ। ଶତ୍ରୁ ବୃଦ୍ଧି ହୋଇପରେ। ମହିଳାମାନେ ମାନସିକ ଚିନ୍ତାର ଶିକାର ହେବେ।

**ବୃଷ**: ନିଜ ଲୋକମାନେ ଇର୍ଷା ପରାୟଣ ହୋଇ ପରିସ୍ଥିତିକୁ ଭିନ୍ନ ରୂପ ଦେଲେ ମଧ୍ୟ ଆପଣ ନିଜର କଳା କୌଶଳ ପ୍ରୟୋଗ କରି ଜୟ ଯୁକ୍ତ ହେବେ। ଅର୍ଥ ସଂଗ୍ରହ କରିବାରେ ତତ୍ପରତା ପ୍ରକାଶ କରିବେ। ମହିଳାମାନେ ଅପମାନିତ ହୋଇପରନ୍ତି।

**ମିଥୁନ**: ସମସ୍ୟା ଉପରେ ସମସ୍ୟାର ସମାଧାନ କରି ବ୍ୟସ୍ତ ବିବ୍ରତ ହୋଇ ପଡିବେ। ସାଧାରଣ କଥାକୁ କେନ୍ଦ୍ର କରି ମନରେ ବିରକ୍ତି ଭାବ ସୃଷ୍ଟି ହୋଇପାରେ। ଆର୍ଥିକ ସ୍ୱଚ୍ଛଳତା ଓ ବନ୍ଧୁଙ୍କର ସାନ୍ନିଧ ଲାଭରୁ ଖୁସି ହେବେ।

**କର୍କଟ**: ପ୍ରତ୍ୟେକ କ୍ଷେତ୍ରରେ ସମସ୍ୟା ଆସିବାରୁ ମନ ଭାରାକ୍ରାନ୍ତ ରହିବ। ସ୍ତ୍ରୀଙ୍କ ସ୍ୱାସ୍ଥ୍ୟ ସକାଶେ ଚିନ୍ତା କରିପାରନ୍ତି। ରାଜନୀତି କ୍ଷେତ୍ରରେ ପଦ ମର୍ଯ୍ୟାଦ ବୃଦ୍ଧି ପାଇବ। ଆଗାମୀ ମାଙ୍ଗଳିକ କାର୍ଯ୍ୟ ସକାଶେ ତତ୍ପରତା ପ୍ରକାଶ ପାଇବ।

**ସିଂହ**: ପ୍ରତ୍ୟେକ କ୍ଷେତ୍ରରେ ସଫଳତା ମିଳିବ। ସାମ୍ପତ୍ୟ ଜୀବନରେ ବୁଝାମଣା ନେଇ ତିକ୍ତତା ଦେଖା ଦେଇପାରେ। ନିର୍ମାଣ କ୍ଷେତ୍ରରେ ପ୍ରତିବନ୍ଧକ ସୃଷ୍ଟି ହୋଇପରେ। ଯେତେ ଭଲ କାମ କଲେ ମଧ୍ୟ ପ୍ରଶଂସା ବଦଳରେ ଅଭିଯୋଗ ପାଇବେ।

**କନ୍ୟା**: ପ୍ରତ୍ୟେକ କ୍ଷେତ୍ରରେ ଖର୍ଚ୍ଚାନ୍ତ ହୋଇ ଆଶା ପୂରଣ କରିବେ। କର୍ମକ୍ଷେତ୍ରରେ ସଙ୍କଟର ସମ୍ମୁଖୀନ ହେଲେ ମଧ୍ୟ କାର୍ଯ୍ୟକ୍ଷେତ୍ରରେ ସଫଳତା ହାସଲ କରିବେ। ଆନୁଷ୍ଠାନିକ କାମରେ ମହିଳାମାନେ ସମସ୍ୟାର ଦୃଢ଼ ମୁକାବିଲା କରିବେ।

**ତୁଳା**: ସ୍ତ୍ରୀଙ୍କର ପ୍ରେରଣା ଓ ସହଯୋଗରୁ ଉପକୃତ ହେବେ। କର୍ମକ୍ଷେତ୍ରରେ ଅତ୍ୟଧିକ ଖର୍ଚ୍ଚ କରିବାକୁବାଧ ହେବେ। ଆଶା କରୁଥିବା ଦିଗରୁ ଶୁଭ ଖବର ପାଇବେ। ମୋଟା ଅଙ୍କର ଅର୍ଥ ଖର୍ଚ୍ଚ କରି ସ୍ଥଗିତ କାମକୁ ତ୍ୱରାନିତ୍ୱ କରିବେ।

**ବିଛା**: ଚୁରତାର ସହ ବନ୍ଧୁଙ୍କ ମନରେ ବିଶ୍ୱାସ ଜନ୍ମାଇ କାର୍ଯ୍ୟ ହାସଲ କରିବାରେ ସମର୍ଥ ହେବେ। ମାଙ୍ଗଳିକ କାର୍ଯ୍ୟ ସକାଶେ ଆଲୋଚନାରେ ବ୍ୟସ୍ତ ରହିବେ। ମନୋରଞ୍ଜନ କାର୍ଯ୍ୟକ୍ରମରେ ନିଜକୁ ନିୟୋଜିତ କରି ସାମୟିକ ଆନନ୍ଦ ପ୍ରାପ୍ତ କରିବେ।

**ଧନୁ**: ପାରିବାରିକ ଅସ୍ଥିରତା ଲାଗି ରହିଥିଲେ ମଧ୍ୟ ପ୍ରତିକୂଳ ପରିସ୍ଥିତିର ଚାପ କ୍ରମଶଃ କମ୍ ହେବ। ବନ୍ଧୁମାନଙ୍କ ଦ୍ୱାରା ସମସ୍ୟାର ସରଳ ସମାଧାନ ହେବ। ରାଜନୀତିକ ସ୍ତରରେ ଉନ୍ନତି କରିବେ। ମହିଳାମାନେ ପରିବାରର କଥାକୁ ଚିନ୍ତା କରି ଅସ୍ଥିର ହେବେ।

**ମକର**: କର୍ମକ୍ଷେତ୍ରରେ ଧୀରେ ସୁସ୍ଥେ ଗତି କରିବେ। ବ୍ୟବସାୟକୁ ଆଗକୁ ବଢ଼ାଇବା ପାଇଁ ପଦକ୍ଷେପ ଗ୍ରହଣ କରିବେ। ନିଜ ଦୋଷରୁ ନିଜ ପାଇଁ ଅସୁବିଧା ସୃଷ୍ଟି କରିବେ। ମହିଳାମାନେ ଗଠନ ମୂଳକ ପରାମର୍ଶ ପାଇ ଖୁସି ହେବେ।

**କୁମ୍ଭ**: ସନ୍ତାନମାନଙ୍କ ସ୍ୱାସ୍ଥ୍ୟ ଓ ସ୍ୱଭାବ ଯୋଗୁଁ ବିଚଳିତ ରହିବେ। ସମସ୍ୟାର ସମାଧାନ ପାଇଁ ବନ୍ଧୁଙ୍କର ସାହାଯ୍ୟ ଲୋଡିବେ। ବ୍ୟବସାୟ କ୍ଷେତ୍ରରେ ଆଶାନୁରୂପକ ଲାଭବାନ ହେବେ। ମହିଳାମାନଙ୍କର ସ୍ୱାସ୍ଥ୍ୟହାନୀ ଘଟିପାରେ।

**ମୀନ**: ଦୁଃସାହସିକ ପଦକ୍ଷେପ ନେଇ କର୍ମକ୍ଷେତ୍ରରେ ପ୍ରଶଂସିତ ହେବେ। ମଜଳିଆ କଥା କହି ବନ୍ଧୁଙ୍କୁ ଆକର୍ଷିତ କରିବେ। କେତେକ କ୍ଷେତ୍ରରେ ଚାପରୁ ସମ୍ମୁଖୀନ ହୋଇପାରନ୍ତି। ସନ୍ତାନଙ୍କ ପାଇଁ ଗୌରାବାନିତ୍ୱ ମନେ କରିବେ।

## ଦେବୀ ରାଧାଙ୍କ ଜନ୍ମ ରହସ୍ୟ

ବ୍ରହ୍ମବୈବର୍ତ୍ତ ପୁରାଣରେ ଦେବୀ ରାଧାଙ୍କ ଜନ୍ମ ରହସ୍ୟ କଥା ଉଲ୍ଲେଖ କରାଯାଇଛି । ଦେବୀ ରାଧା ଭଗବାନ୍ ଶ୍ରୀକୃଷ୍ଣଙ୍କ ସହ ଗୋଲକରେ ନିବାସ କରୁଥାନ୍ତି । ଥରେ ଗୋଲକରେ ଦେବୀ ସୀତା ନଥିଲେ । ଶ୍ରୀକୃଷ୍ଣ ବିରଜା ନାମକ ପତ୍ନୀଙ୍କ ସହ ବିବାହ କରୁଥିଲେ । କୃଷ୍ଣ ଓ ବିରଜାଙ୍କ ବିବାହର କଥା ରାଧାଙ୍କୁ ସୂଚନା ମିଳିବା ମାତ୍ରେ ସେ ଗୋଲକକୁ ଆସିଲେ । ସେ କୃଷ୍ଣ ଓ ବିରଜାଙ୍କୁ ଦେଖି ରାଗିଯାଇ ଶ୍ରୀକୃଷ୍ଣଙ୍କୁ ଅନେକ କଥା ଶୁଣାଇଲେ । ଯାହାଫଳରେ ଶ୍ରୀକୃଷ୍ଣଙ୍କ ମିତ୍ର ସୁଦାମାଙ୍କୁ କ୍ରୋଧ ଆସିଲା । ସେ କ୍ରୋଧିତ ହୋଇ ଦେବୀ ରାଧାଙ୍କୁ ଅପମାନ କଲେ । ଯାହାଫଳରେ ଦେବୀ ରାଧା ଓ ସୁଦାମା ପରସ୍ପରକୁ ଅଭିଶାପ ଦେଲେ । ସୁଦାମାଙ୍କ ଅଭିଶାପ କଥା ରାଧା ଶ୍ରୀକୃଷ୍ଣଙ୍କୁ କହିଥିଲେ । ଶ୍ରୀକୃଷ୍ଣ ଦେବୀ ରାଧାଙ୍କୁ କହିଥିଲେ ଯେ ପୃଥିବୀରେ ତୁମେ ଗୋକୁଳରେ ଦେବୀ କୀର୍ତ୍ତି ଏବଂ ବୃଷଭାନୁଙ୍କ କନ୍ୟାରୂପେ ଜନ୍ମଗ୍ରହଣ କରିବ।



ସେଠାରେ ତୁମର ବିବାହ ରାୟାଣ ନାମକ ଏକ ବୈଶ୍ୟ ସହ ହେବ ଏବଂ ସାଂସାରିକ ଭାବେ ତୁମେ ରାୟାଣଙ୍କ ପତ୍ନୀ ବୋଲି କୁହାଯିବ । ରାୟାଣ ହେଉଛି ମୋର ଏକ ଅଂଶ । ରାଧା ରୂପରେ ତୁମର ମୋର ପ୍ରିୟା ହୋଇ ରହିବ ଏବଂ କିଛି ସମୟ ପାଇଁ ଆମ ମଧ୍ୟରେ ବିଛେଦ ହେବ। ସୁଦାମାଙ୍କ ଅଭିଶାପରେ ଗୋକୁଳରେ ଦେବୀ ରାଧା କୀର୍ତ୍ତି ଏବଂ ବୃଷଭାନୁଙ୍କ କନ୍ୟା ରୂପରେ ଜନ୍ମଗ୍ରହଣ କଲେ ।

## ସୁସ୍ଥ ପରିବେଶ ପାଇଁ ଅଶ୍ୱଥଙ୍କ ଉଦ୍ୟମ

ପରିବେଶକୁ ସୁହାଇବା ଭଳି ପଦକ୍ଷେପ ନେବାର ଆଇନକାନୁନ୍ ବନିଯାଉଛି। କାଗଜରେ ନିର୍ଦ୍ଦେଶ ବି ଆସୁଛି। ହେଲେ ତୃଣମୂଳ ସ୍ତରରେ ପରିବର୍ତ୍ତନର ଧାରା ଆଦୌ ଆରମ୍ଭ ହେଉନାହିଁ। ତା'ର କାରଣ ହେଲା, ସେହି ଜିନିଷ ବଦଳରେ ପରିବେଶ ଉପଯୋଗୀ ଜିନିଷର ଚଳନ କରୁନାହାନ୍ତି କେହି। ଏ ଅଭାବକୁ ବୁଝି ଜଣେ ଯୁବକ ନିଜ ବ୍ୟକ୍ତିଗତ ପ୍ରୟାସରେ ପଲିଥିନ୍ ବ୍ୟାଗ୍ ବଦଳରେ ପରିବେଶ ଉପଯୋଗୀ ବ୍ୟାଗ୍ ତିଆରି କରି ନିଜ ସହରର କଲ୍ୟାଣ ଦିଗରେ ଦେଉଛନ୍ତି ବଡ଼ ଯୋଗଦାନ।...ବାଙ୍ଗାଲୋର ନଗରନିଗମ ପକ୍ଷରୁ ୨୦୧୨ରେ ସ୍ୱାସ୍ଥ୍ୟ ତଥା ପରିବେଶ ପାଇଁ ହାନିକାରକ ହେତୁ ପଲିଥିନର ବ୍ୟବହାର ବନ୍ଦ କରାଯାଇଥିଲା। କିନ୍ତୁ ଲୋକମାନଙ୍କ ପାଇଁ କୌଣସି ବିକଳ୍ପର ସୁବିଧା କରାଯାଇନଥିଲା। ଯାହାକି ସାଧାରଣ ଲୋକମାନଙ୍କ ପାଇଁ ଅନେକ ସମସ୍ୟା ସୃଷ୍ଟି କରିଥିଲା। ଆଉ ନିଜ ସହରବାସୀଙ୍କ ଏହି ସମସ୍ୟା ଅଶ୍ୱଥଙ୍କ ଚିନ୍ତାର କାରଣ ପାଲଟିଥିଲା। ସେ ଏହାକୁ ଦୂର କରିବା ଯୋଜନାର ଅନୁସନ୍ଧାନରେ ଲାଗିଯାଇଥିଲେ। ପ୍ରାୟ ଚାରିବର୍ଷର ପ୍ରସ୍ତୁତି ଓ ପ୍ରୟାସ ପରେ ଅଶ୍ୱଥ ପ୍ରତିଷ୍ଠା କଲେ 'ଏନଭିଗ୍ରୀନ' ନାମରେ ଏକ କମ୍ପାନୀ। ଏହି କମ୍ପାନୀ ଲୋକମାନଙ୍କୁ ଯୋଗାଇଦେଉଛି ପରିବେଶ ଅନୁକୂଳ ବିଭିନ୍ନ ବ୍ୟାଗ। ପ୍ଲାଷ୍ଟିକ ବ୍ୟାଗ ପରି ଦେଖାଯାଉଥିବା ଏହି ବ୍ୟାଗ ଗୁଡିକର ପ୍ରସ୍ତୁତ ପ୍ରଣାଳୀ ସମ୍ପୂର୍ଣ୍ଣ ଭିନ୍ନ ହୋଇଥାଏ। ବିନା କୌଣସି ରସାୟନିକ ସାମଗ୍ରୀର ବ୍ୟବହାରରେ କେବଳ ଆଳୁ, ପାଳୁଅ, କଦଳୀ, ତେଲ ଇତ୍ୟାଦି ୧୨ଟି ସାମଗ୍ରୀର ବ୍ୟବହାର କରାଯାଇ ପ୍ରସ୍ତୁତ କରାଯାଉଛି ବ୍ୟାଗ। ପ୍ରଥମେ ଏହି କଞ୍ଚାମାଲ ଗୁଡିକୁ ଏକ ତରଳ ପଦାର୍ଥରେ ପରିଣତ କରାଯାଇ ପରକୁ ପର ୬ଟି ଧାରାରେ ଗତି କରାଯାଇ ଏହା ପ୍ରସ୍ତୁତ କରାଯାଏ। ଏହି ବ୍ୟାଗ ଗୁଡିକୁ ଗୋଟିଏ ଗ୍ଲାସ ଥଣ୍ଡା ପାଣିରେ ବୁଡାଇ ରଖିଲେ ଗୋଟିଏ ଦିନରେ ଏହା ମିଳାଇଯିବ ଏବଂ ଯଦି ଗରମ ପାଣିରେ ଏହାକୁ ରଖାଯାଏ ତେବେ ମାତ୍ର ୧୫ ସେକେଣ୍ଡରେ ଏହା ମିଳାଇଯିବ। ବ୍ୟବହାର ଅନୁପୋଯୋଗୀ ହେବା ପରେ ଏହାକୁ ଫୋପାଡି ଦେବା ପରେ ଖୁବ୍ କମ୍ ଦିନ ମଧ୍ୟରେ ଏହା ମାଟିରେ ମିଳାଇଯିବ। ସମ୍ପୂର୍ଣ୍ଣ ଭାବେ ଖାଦ୍ୟପଦାର୍ଥରେ ପ୍ରସ୍ତୁତ ହୋଇଥିବାରୁ କୌଣସି ପଶୁ ଖାଇଲେ ମଧ୍ୟ ତାଙ୍କ



ସ୍ୱାସ୍ଥ୍ୟ ପକ୍ଷେ ହାନିକାରକ ହେବ ନାହିଁ। କର୍ଣ୍ଣାଟକ ରାଜ୍ୟ ପ୍ରଦୂଷଣ କଣ୍ଟ୍ରୋଲ ବୋର୍ଡ ପକ୍ଷରୁ ମଧ୍ୟ ଏହି ବ୍ୟାଗକୁ ନେଇ ଅନେକ ପରୀକ୍ଷଣ କରାଯାଇଛି। ଏହି ବ୍ୟାଗ ଗୁଡିକୁ ଜଳାଇବା ଦ୍ୱାରା ନା ଏହା ତରଳୁଛି, ନାହିଁ ଏଥିରୁ କୌଣସି ରାସାୟନିକ ପଦାର୍ଥ କ୍ଷରଣ ହେଉଛି। ସେଣ୍ଟ୍ରାଲ ଇନଷ୍ଟିଚ୍ୟୁଟ ଅଫ୍ ପ୍ଲାଷ୍ଟିକ ଇନିୟରିଂ ଏବଂ ଶ୍ରୀରାମ ଇନଷ୍ଟିଚ୍ୟୁଟ ଫର୍ ଇଣ୍ଡଷ୍ଟ୍ରୀଆଲ୍ ରିସର୍ଚ୍ଚ ପକ୍ଷରୁ ମଧ୍ୟ ଏହାର ପରୀକ୍ଷଣ କରାଯାଇ ବ୍ୟବହାର ନିମନ୍ତେ ଅନୁମତି ଦିଆଯାଇଛି। ସମସ୍ତ କ୍ଷେତ୍ରରୁ ଅନୁମତି ପାଇବା ପରେ ଅଶ୍ୱଥ ନିଜ ଟିମ୍ ର ୬୦ଜଣ ସଦସ୍ୟଙ୍କ ସହ ମିଶି ବାଙ୍ଗାଲୋରଠାରେ ଏକ କାରଖାନା ପ୍ରତିଷ୍ଠା କରିଛନ୍ତି। ଏହି କାରଖାନାରୁ ପ୍ରତି ମାସରେ ପ୍ରାୟ ୧ହଜାର ମେଟ୍ରିକ ଟନ୍ ବ୍ୟାଗ୍ ପ୍ରସ୍ତୁତ କରାଯାଉଛି। ତାଙ୍କର ଏହି ପ୍ରୟାସ ଦ୍ୱାରା କର୍ଣ୍ଣାଟକ ଗ୍ରାମାଞ୍ଚଳର କୃଷକ ମାନେ ମଧ୍ୟ ଲାଭବାନ ହୋଇପାରୁଛନ୍ତି। କମ୍ପାନୀ ସେମାନଙ୍କ ଠାରୁ କଞ୍ଚାମାଲ କିଣିବା ସହ ସେମାନଙ୍କୁ କଞ୍ଚାମାଲ ଉତ୍ପାଦନ ପାଇଁ ବିହନ ଯୋଗାଇ ଦେଉଛି। ଭାରତର ସବୁ ସ୍ଥାନରେ ଏହି ବ୍ୟାଗ ଗୁଡିକ ବର୍ତ୍ତମାନ ପର୍ଯ୍ୟନ୍ତ ମିଳିପାରିନାହିଁ କିନ୍ତୁ ଅଶ୍ୱଥଙ୍କ କାର୍ଯ୍ୟସ୍ଥଳ କତରରେ ଏହା ଉପଲବ୍ଧ ହୋଇପାରୁଛି। ଅଶ୍ୱଥଙ୍କ କହିବାନୁଯାୟୀ, କେବଳ ବାଙ୍ଗାଲୋର ପରି ସହରରେ ପ୍ରତି ମାସରେ ପ୍ରାୟ ୩୦ହଜାର ମେଟ୍ରିକ ଟନ୍ ବ୍ୟାଗର ଆବଶ୍ୟକ ହୋଇଥାଏ। ତେଣୁ ସମସ୍ତ ସହରରେ ଏହାର ବ୍ୟବହାର ପାଇଁ ଅଧିକ କାରଖାନା ପ୍ରତିଷ୍ଠା କରିବାର ଲକ୍ଷ୍ୟ ରଖିଛୁ। ବର୍ତ୍ତମାନ ପର୍ଯ୍ୟନ୍ତ ରିଲାଏନ୍ସ ପରି କମ୍ପାନୀ ମାନଙ୍କୁ ବ୍ୟାଗ ଯୋଗାଇ ଦିଆଯାଇଛି। ଚଳିତ ଡିସେମ୍ବରଠାରୁ ସେମାନେ ଏହାର ବ୍ୟବହାର ଆରମ୍ଭ କରିଦେଇଛନ୍ତି। ପରିବେଶ ସୁରକ୍ଷା ଦିଗରେ ଅଶ୍ୱଥଙ୍କ ଏହି ପ୍ରୟାସକୁ ଅନେକ ପରିବେଶବିତ୍ ପ୍ରଶଂସା କରିଛନ୍ତି।




# ଶରଣାଗତି ଯୋଗ



ପିଲାବେଳେ ଆମେମାନେ ଏକ ଗପ ଶୁଣିଥିଲୁ। ସେଥିରେ ଯେତିକି ମଜା କଥା ଅଛି ସେତିକି ନୈତିକତା ମଧ୍ୟ ଲୁଚି ରହିଛି। ଜଣେ ମହିଳା କୃଷ୍ଣଙ୍କର ଅତି ଭକ୍ତ। ସେ ସିଦ୍ଧାନ୍ତ କରି ନେଇଥାନ୍ତି ଯେ ସେ ଯାହା କରିବେ ସବୁ କୃଷ୍ଣଙ୍କୁ ଅର୍ପଣ କରି କରିବେ। ତାଙ୍କ ଭାବ ଏତେ ଦୃଢ଼ ଓ ନିର୍ମଳ ଯେ ସେ ଗୋବରରେ ଘସି ପାରୁ ପାରୁ ଯଦି କେହି ଦେବେ 'କୃଷ୍ଣାର୍ପଣମସ୍ତୁ' ମନ୍ଦିର ପୂଜକ ଠାକୁରଙ୍କୁ ଧୋଇ ଧୋଇ ହରାଇଣ ହୋଇଯାଆନ୍ତି। କିନ୍ତୁ କ'ଣ କରାଯିବ? ପରିଶେଷରେ ସେ ଏ ସ୍ତ୍ରୀଲୋକ କଥା ଜାଣିବାକୁ ପାଇଲେ ଏବଂ ନିଶ୍ଚିତ ହୋଇଗଲେ ଯେ ଏ ସ୍ତ୍ରୀଲୋକଟି ବଞ୍ଚିଥିବା ପର୍ଯ୍ୟନ୍ତ ଠାକୁରଙ୍କ ଦେହରେ ଗୋବର ପଡ଼ିବାରୁ ଆଉ ରକ୍ଷା ନାହିଁ।

ଦିନେ ସ୍ତ୍ରୀ ଲୋକଟି ଶକ୍ତ ବେମାର ପଡ଼ିଲେ ଓ ମୃତ୍ୟୁ ସମୟ ପାଖେଇ ଆସିଲା। ମହିଳା ଜଣକ ନିଜ ମୃତ୍ୟୁକୁ ମଧ୍ୟ କୃଷ୍ଣଙ୍କୁ ଅର୍ପଣ କରିଦେଲେ। ମୃତ୍ୟୁ ଦୂତ ସିଧା କୃଷ୍ଣଙ୍କ ମନ୍ଦିରକୁ ଯାଇ ମନ୍ଦିରକୁ ଭାଙ୍ଗି ଦେଲା। କୃଷ୍ଣ ନାମ ଧ୍ୟାନ ଆଗରେ ସ୍ୱର୍ଗର ମଧ୍ୟ କିଛି ବିଶେଷ ମୂଲ୍ୟ ନାହିଁ। ତୁମର ପ୍ରତ୍ୟେକ କର୍ମ ଭଲ ହେଉ ବା ମନ୍ଦ, ଈଶ୍ୱରଙ୍କୁ ସମର୍ପିତ ହୋଇ ହେଉ। ଏପରି ହେଲେ ଚମତ୍କାର ଫଳାଫଳ ମିଳିବ। ମାଟିଆ ବା ନାଲିଆ ରଙ୍ଗର ଧାନକୁ ଭାଜି ଦେଲେ ସୁନ୍ଦର ସଫେଦ ଖଇ ମିଳୁଛି। ଏ ପରିବର୍ତ୍ତନ କେବଳ ଅଗ୍ନି ଯୋଗୁଁ ସମ୍ଭବ। ଗମହକୁ ଚୁରିଲେ ଆମେ ଶୁଭ୍ର କୋମଳ ଅଟା ପାଉ। ସେହିଭଳି ଛୋଟ ବଡ଼, ସମସ୍ତ କର୍ମ ଯଦି ଭକ୍ତିପୂର୍ଣ୍ଣ ଓ ଉତ୍ସର୍ଗୀକୃତ ଭାବେ କରାଯାଏ ତାହାହେଲେ ସେଗୁଡ଼ିକ ମଧ୍ୟ ଉଚ୍ଚମାନ ପ୍ରାପ୍ତ ହେବେ। ଭକ୍ତିଭାବ ଯୁକ୍ତ କର୍ମ ମୂଲ୍ୟବାନ ଓ ମହାନ ହୋଇଯାଏ। ସେ ଦୃଷ୍ଟିରୁ ଫୁଲଟିଏ, ବେଲପତ୍ର ବା ତୁଳସୀ ପତ୍ରଟିକୁ ସାଧାରଣ ଜିନିଷ ବୋଲି ଭାବ ନାହିଁ।

ଯାହା କରାଯାଉ, ଯଦି ତାହା ଭାବ ବିଜଡ଼ିତ, ତେବେ ସେ ସବୁ ମହାନ। ଆମେ କେତେ ବେଶୀ ଦେଲୁ ତାହା ବଡ଼ କଥା ନୁହେଁ। କି ପ୍ରକାର ଭାବର ସହ ଦେଲ, ସେ ହେଉଛି ବଡ଼। ଜିନିଷର ଗୁଣ, ମାନ, ପରିମାଣ, ଆକର ବା ମୂଲ୍ୟ ଆଦୌ ବଡ଼ କଥା ନୁହେଁ, ତାହା ଯେଉଁ ଭାବ ଓ ଭକ୍ତିର ସହ ଅର୍ପିତ ହେଲା, ତାହା ବିଚାର୍ଯ୍ୟ। ସେଥିରେ ନିହିତ ଥିବା ଆବେଗ ହିଁ ଗ୍ରହଣୀୟ। ଜୀବନରେ ଆମେ କେତେ ପରିମାଣର କର୍ମ ବା ବ୍ରତ ଆଚରଣ କଲେ ତାହା ଗଣାଯାଏ ନାହିଁ। ପ୍ରଭୁ ଚିନ୍ତାରେ ନିମଜ୍ଜିତ ହୋଇ, ପ୍ରଭୁ ଚରଣରେ ସମର୍ପିତ ଭାବ ବିଜଡ଼ିତ କୌଣସି ଗୋଟିଏ କାମ ମଧ୍ୟ ଆମକୁ ସର୍ବାଧିକ ଓ ସମ୍ପୂର୍ଣ୍ଣ ଅନୁଭୂତି ପ୍ରଦାନ କରିବ। ସଂକ୍ଷେପରେ କହିବାକୁ ଗଲେ ଆମେ ଯଦି ଆମର ସରଳ ଓ କ୍ଷୁଦ୍ର କର୍ମମାନ ଭଗବତ ପଦାର୍ପିତ ହୋଇ କରିବା ତାହାହେଲେ ମୋକ୍ଷ ପ୍ରାପ୍ତ ହେବା।

ରାଜଯୋଗରେ କଥିତ ଅଛି - କର୍ମରୁ ବିମୁଖ ହୁଅନାହିଁ। ସେଗୁଡ଼ିକୁ ପ୍ରଭୁଙ୍କୁ ଅର୍ପଣ କରିଦିଅ। ସେଗୁଡ଼ିକ ହିଁ ପୁଷ୍ପାଞ୍ଜଳି। ସାଧନା ସହ ସେଗୁଡ଼ିକୁ ନେଇ ଯାଇ ପ୍ରଭୁ ପାଦପଦ୍ମରେ ଅଜାଡ଼ି ଦିଅ। ଏକ ପକ୍ଷରେ କର୍ମ ଅନ୍ୟ ପକ୍ଷରେ ଭକ୍ତି, ଉଭୟକୁ ସଂଯୋଗ କରି ଅଗ୍ରସର ହୁଅ, ଗୋଟିଏ ସୁନ୍ଦର ଜୀବନ ଗଠନ କର। ଧାନ ବୁଣିବା ଆଉ ଧାନ ଫୋପାଡ଼ିବା ଭିତରେ ଗୋଟିଏ ବଡ଼ ବ୍ୟବଧାନ ରହିଛି। ଯାହା ବୁଣିଛ ସେଥିରୁ ଯଥେଷ୍ଟ ପାଇବ ଯାହା ଫୋପାଡ଼ି ଦେଇଛ ସେ ନଷ୍ଟ ହୋଇଗଲା। ଭଗବାନଙ୍କୁ ଯାହା ସମର୍ପି ଦେଲ ତାହା ବୁଣିବା ସଙ୍ଗେ ସମାନ। ତାହାଦ୍ୱାରା ଅମାପ ଆନନ୍ଦ ଲାଭ କରିବ, ଜୀବନକୁ ପୁତ ପବିତ୍ର ଓ ସଫଳ କରିପାରିବ।

## ଭାରତୀୟ ଜନତାପାର୍ଟି ଅନୁସୂଚିତ ଜାତି ମୋର୍ଚ୍ଚା ସାଙ୍ଗଠନିକ ବୈଠକ

ଚଣ୍ଡିଖୋଲ (ପିଏନ୍)- ଚଣ୍ଡିଖୋଲ ସ୍ଥିତ ଭାରତୀୟ ଜନତାପାର୍ଟି ଦଳୀୟ କାର୍ଯ୍ୟାଳୟ ପରିସରରେ ଅନୁସୂଚିତ ଜାତି ମୋର୍ଚ୍ଚା ସାଙ୍ଗଠନିକ ବୈଠକ ଜିଲ୍ଲା ସଭାପତି ପ୍ରଭାକର ମଲିକଙ୍କ ସଭାପତିତ୍ୱରେ ଅନୁଷ୍ଠିତ ହୋଇଯାଇଛି। ଏହି ସାଙ୍ଗଠନିକ ବୈଠକରେ ବଡ଼ଚଣା ବିଜେପିର ପାଞ୍ଚ ମଣ୍ଡଳ ସଭାପତିଙ୍କ ସହ ସମସ୍ତ କର୍ମକର୍ତ୍ତା ଓ କର୍ମୀ ଉପସ୍ଥିତ ରହି ବିଭିନ୍ନ ବିଷୟରେ ଆଲୋଚନା



କରିଥିଲେ। ଏଥିରେ ମୁଖ୍ୟ ଅତିଥି ଭାବେ କଟକ ସଦର ବିଜେପି ବିଧାୟକ ପ୍ରାର୍ଥୀ ଦିଲୀପ ମଲ୍ଲିକ, ଅନ୍ୟତମ ଅତିଥି ଭାବେ ବଡ଼ଚଣା ବିଜେପି ନେତା ତଥା ରାଜ୍ୟ ସମ୍ପାଦକ ଅମର ନାୟକ, ରାଜ୍ୟ ପଛୁଆ ବର୍ଗ ବିଜେପି ସଭାପତି ସମରେନ୍ଦ୍ର ପରିଡ଼ା, ସୁଂଗୁଡ଼ା ପଂଚାୟତ ସମିତିର ପୂର୍ବତନ ସମିତି ସଭ୍ୟ ତଥା ଜିଲ୍ଲା ଯୁବମୋର୍ଚ୍ଚା ସାଧାରଣ ସମ୍ପାଦକ ପ୍ରିତମ ନାୟକ ପ୍ରମୁଖ ଯୋଗଦେଇ ଆଗମୀ ଦିନରେ ତୃଣମୂଳ ସ୍ତରରେ ସଂଗଠନ କିପରି ମଜବୁତ ହେଇପାରିବ ସେ ବିଷୟରେ ବୈଠକରେ ଆଲୋଚନା କରାଯାଇଥିଲା। ଏହି ବୈଠକରେ ଜିଲ୍ଲାର ସାତଗୋଟି ବିଧାନସଭା କ୍ଷେତ୍ରର ଆଗଧାଡିର ଛାମୁଆ ନେତା ଓ କର୍ମୀମାନେ ସାମିଲ ରହି ଆଲୋଚନାରେ ଭାଗ ନେଇଥିଲେ। ଶେଷରେ ଜିଲ୍ଲା ଯୁବମୋର୍ଚ୍ଚା ସାଧାରଣ ସମ୍ପାଦକ ପ୍ରିତମ ନାୟକ ଧନ୍ୟବାଦ ଅର୍ପଣ କରିଥିଲେ।

## ଗଣଧାରଣାକୁ ନେଇ ପ୍ରସ୍ତୁତି ବୈଠକ



ଚଣ୍ଡିଖୋଲ (ପିଏନ୍)-ଚଣ୍ଡିଖୋଲ ନିକଟ ଦେଇ ଯାଇଥିବା ୫୩ ନମ୍ବର ଜାତୀୟ ରାଜପଥର ସୁଭଦ୍ରାପୁର ଓ ଉଡଙ୍ଗା ଛକରେ ଏକ ଗଳି ପୋଲକୁ ନିର୍ମାଣକୁ ନେଇ ଜନଅସନ୍ତୋଷ ଦେଖାଦେଇଛି ଯାହାକୁ ନେଇ ଆଗାମୀଦିନରେ ଗ୍ରାମବାସୀମାନେ ଗଣଧାରଣା ଦେବେ ବୋଲି ଗତକାଲି ଏକ ପ୍ରସ୍ତୁତି ବୈଠକରେ ସୂଚନା ଦେଇଛନ୍ତି। ସୂଚନା ଥାଉକି ଏବେ ଚଣ୍ଡିଖୋଲରୁ ଡୁବୁରୀ ପର୍ଯ୍ୟନ୍ତ ୫୩ ନମ୍ବର ଜାତୀୟ ରାଜପଥର ଦୋହରୀକରଣ କାର୍ଯ୍ୟ ଚାଲୁରହିଛି। ଏହି ଜାତୀୟ ରାଜପଥର ଦେଇ ନିକଟବର୍ତ୍ତୀ ବଡ଼ଚଣା ଓ ଧର୍ମଶାଳା ନିର୍ବାଚନମଣ୍ଡଳୀର ବିଭିନ୍ନ ଗ୍ରାମ ଖୋସାଲିପୁର,ସୁଂଗୁଡା, ଧାନମଣ୍ଡଳ, ସୁଭଦ୍ରାପୁର, ଚାରିବାଟିଆ ଓ ଉଡଙ୍ଗା ଗ୍ରାମର ଲୋକମାନେ ପ୍ରତିଦିନ ଜାତୀୟ ରାଜପଥକୁ ଆସି ଚଣ୍ଡିଖୋଲ ସମେତ ଜିଲ୍ଲାର ବିଭିନ୍ନ ସ୍ଥାନକୁ ଯାଇଥାନ୍ତି.ଜାତୀୟରାଜପଥ ପାରହେଇ ଏହିଗ୍ରାମର ଶତାଧିକ ଛାତ୍ରଛାତ୍ରୀମାନେ ଅତି ବିପଦପୂର୍ଣ୍ଣ ଭାବେ ନିକଟରେ ଥିବା ଚଣ୍ଡିଖୋଲ କଲେଜ,ସରକାରୀ ଉଚ୍ଚ ବିଦ୍ୟାଳୟ, କୋର୍ଟ, ବିଭିନ୍ନ ସରସ୍ୱତୀ ଶିଶୁମନ୍ଦିରକୁ ଯାଇଥାନ୍ତି। ଜାତୀୟ ରାଜପଥ ଦେଇ ପ୍ରତିଦିନ ଶତାଧିକ ଭାରୀଯାନ ପଡୋଶୀ କେନ୍ଦୁଝର ଓ ସୁକିନ୍ଦା ଖଣି ଅଂଚଳରୁ ଖଣିଜ ପଦାର୍ଥ ନେଇ ପାରାଦୀପ ବନ୍ଦରକୁ ଯାଇଥାନ୍ତି। କଳିଙ୍ଗନଗର ଶିଳ୍ପାଞ୍ଚଳରୁ ମଧ୍ୟ ପ୍ରତିଦିନ ଶତାଧିକ ଭାରୀଯାନ ରାଜ୍ୟର ବିଭିନ୍ନ ସ୍ଥାନକୁ ଯାତାୟାତ କରିଥାନ୍ତି। ଏତେସବୁ ଗାଡି ଚଳପ୍ରଚଳ ଯୋଗୁ ଜାତୀୟ ରାଜପଥରେ ସବୁବେଳେ ଭିଡ ଲାଗିରହିଥାଏ। ଏହିସବୁ ସମସ୍ୟାକୁ ଆଖିଆଗରେ ରଖି ସୁଭଦ୍ରାପୁର ଗ୍ରାମର ଗ୍ରାମବାସୀମାନେ କେନ୍ଦ୍ରମନ୍ତ୍ରୀ ଧର୍ମେନ୍ଦ୍ର ପ୍ରଧାନଙ୍କ ସମେତ ଯାଜପୁର ଜିଲ୍ଲାପାଳ, ବିଧାୟକ ଓ ସାଂସଦଙ୍କୁ ଏକ ଦାବୀ ପତ୍ର ଦେଇଥିଲେ। ମାତ୍ର ଜାତୀୟ ରାଜପଥ ଦୋହରୀକରଣ କାମ ଚାଲୁଥିବା ବେଳେ କେବଳ ବଙ୍ଗଳା ଛକରେ ଏକ ଗଳିପୋଲର ନିର୍ମାଣ କାର୍ଯ୍ୟ ଚାଲୁରହିଛି। ସୁଭଦ୍ରାପୁର ଓ ଉଡଙ୍ଗା ଛକରେ ଏହି ଗଳିପୋଲର ଆବଶ୍ୟକତାକୁ ଆଖି ଆଗରେ ରଖି ପ୍ରଶାସନ ଖୁବ ଶୀଘ୍ର ଏହାର କାର୍ଯ୍ୟ ଆରମ୍ଭ କରିବାକୁ ନେଇ ଉଭୟ ଗ୍ରାମର ମୁରବୀମାନେ ଚାରିବାଟିଆ ସ୍ଥିତ ଦୁର୍ଗାମନ୍ଦିର ପରିସରରେ ହରିଦାସପୁର ସରପଂଚ ବିକ୍ରମ ବିଶ୍ୱାଳଙ୍କ ନେତୃତ୍ୱରେ ଏକାଠି ହେଇ ଆଗମୀ ଦିନରେ ଏହାକୁ ନେଇ ଗଣଧାରଣା ଦେବାକୁ ସ୍ଥିର କରିଥିଲେ।

# ମା' ମନସା ଦେବୀ ଶକ୍ତିପୀଠ



ଶିଓ୍ୱାଲିକ୍ ପର୍ବତମାଳାରୁ ନେଇ କୁରୁକ୍ଷେତ୍ର ପର୍ଯ୍ୟନ୍ତ ୪୮କୋଷର ସିନ୍ଧୁବନରେ ଋଷି-ମୁନୀ ମାନେ ପୁରାଣ ରଚନା କରିଥିଲେ। ଏହି ସମସ୍ତ ଭୂଭାଗ ଦେବଧରା ନାମରେ ଜଣାଶୁଣା।

ଏହି ପରମ୍ପରାରେ ହରିଆନାର ପଞ୍ଚକୁଲାରେ ଶିଓ୍ୱାଲିକ୍ ପର୍ବତମାଳାର କୋଳରେ ସିନ୍ଧୁବନର ଶେଷ ସୀମାରେ ପ୍ରାକୃତିକ ସୌନ୍ଦର୍ଯ୍ୟରେ ଆଚ୍ଛାଦିତ ଏକଦମ ମନୋରମ ଏବଂ ଶାନ୍ତ ପରିବେଶରେ ମାତା ମନସା ଦେବୀଙ୍କ ମନ୍ଦିର ଅବସ୍ଥିତ। ଯଦି କୌଣସି ଭକ୍ତ ସଚ୍ଚା ମନରେ ଚାଳିଶ ଦିନ ପର୍ଯ୍ୟନ୍ତ ଲଗାତାର ମାତା ମନସା ଦେବୀଙ୍କର ମନ୍ଦିରରେ ପହଞ୍ଚି ପୂଜାର୍ଚ୍ଚନା କରନ୍ତି, ତେବେ ମାତା ମନସା ଦେବୀ ତାଙ୍କର ମନୋସ୍କାମନା ଅବଶ୍ୟ ପୂରଣ କରିଥାନ୍ତି। ମାତା ମନସା ଦେବୀଙ୍କର ଚୈତ୍ର ଏବଂ ଆଶ୍ୱିନ ମାସର ନବରାତ୍ର ପର୍ବରେ ବଡ଼ ଧରଣର ମେଳା ବସିଥାଏ। ଏହି ପର୍ବ ମାତାଙ୍କର ପ୍ରମୁଖ ପର୍ବ ଭାବେ ପାଳନ କରାଯାଏ।



ମାତା ମନସା ଦେବୀଙ୍କ ମନ୍ଦିରକୁ ନେଇ କେତେକ ଧାରଣା ଓ ମାନ୍ୟତା ପ୍ରଚଳିତ ରହିଛି। ଶ୍ରୀ ମାତା ମନସା ଦେବୀଙ୍କ ଇତିହାସ ଅନ୍ୟ ସିଦ୍ଧ ଶକ୍ତିପୀଠ ଭଳି ଅତି ପ୍ରାଚୀନ।



ଶ୍ରୀ ମାତା ମନସା ଦେବୀଙ୍କ ଆବିର୍ଭାବ ହେବାର ଉଲ୍ଲେଖ ଶିବ ପୁରାଣରେ ରହିଛି।

ହିନ୍ଦୁ ପୁରାଣ ଶାସ୍ତ୍ର ଅନୁଯାୟୀ ଦକ୍ଷରାଜ ଯଜ୍ଞ କଲାବେଳେ ନିଜ ଝିଅ ବା ଭଗବାନ ଶିବଙ୍କ ପତ୍ନୀ ଦେବୀ ସତୀ ଓ ଶିବଙ୍କୁ ଯଜ୍ଞରେ ଉପସ୍ଥିତ ହେବାକୁ ନିମନ୍ତ୍ରଣ କରି ନଥିବାରୁ ଅତି ଦୁଃଖରେ ମା'ସତୀ ଯଜ୍ଞକୁଣ୍ଡରେ ଆତ୍ମଦାହ କଲେ। ତ୍ରିକାଳଦର୍ଶୀ ଶିବ ଏ ଖବର ଜାଣିପାରିଲେ। ଭଗବାନ ଶିବ ସଙ୍ଗେ ସଙ୍ଗେ ଘଟଣାସ୍ଥଳରେ ପହଞ୍ଚି ଯାହା ଦେଖିଲେ, ସେ ନିଜେ ବି ବିଶ୍ୱାସ କରିପାରିଲେ ନାହିଁ। ରାଗରେ ଜର୍ଜ୍ଜରିତ ହୋଇ ଭଗବାନ ଶିବ ସତୀଙ୍କ ମରଶରୀର ନିଜ ହାତରେ ଧରି ତାଣ୍ଡବ ନୃତ୍ୟ କରିବାକୁ ଲାଗିଲେ। ସବୁଆଡ଼େ ଚାଲିଲା ଧ୍ୱଂସଲୀଳା। ଏହାର ସମାଧାନ ପାଇଁ ଦେବଦେବୀମାନେ ଭଗବାନ ବ୍ରହ୍ମା ଓ ଭଗବାନ ବିଷ୍ଣୁଙ୍କୁ ଅନୁରୋଧ କଲେ। ଭଗବାନ ଶିବ ଧରିଥିବା ସତୀଙ୍କ ମରଶରୀରକୁ ଖଣ୍ଡ ବିଖଣ୍ଡିତ କରି ଆତ୍ମାରହିତ କରିବାକୁ ବିଷ୍ଣୁ ନିଜର ସୁଦର୍ଶନ ଚକ୍ରକୁ ଆଦେଶ ଦେଲେ। ସୁଦର୍ଶନ ଚକ୍ର ଦ୍ୱାରା ମା' ସତୀଙ୍କ ଶରୀର ଖଣ୍ଡ ବିଖଣ୍ଡିତ ହୋଇଗଲା ଓ ମା'ଙ୍କ ଶରୀରର ବିଭିନ୍ନ ଅଂଶ ଭାରତୀୟ ଉପମହାଦେଶର ଅନେକ



ସ୍ଥାନରେ ବିଞ୍ଚି ହୋଇ ପଡ଼ିଲା। ସର୍ବଶେଷରେ ସତୀଙ୍କ ଅଙ୍ଗର ମୁଖ୍ୟାଂଶ ସହ ସମସ୍ତ ଖଣ୍ଡକୁ ଖୋଜି ପୂଜାର୍ଚ୍ଚନା ତଥା ଖଣ୍ଡଗୁଡ଼ିକୁ ସୁରକ୍ଷା ଦେବାକୁ ଭଗବାନ ଭୈରବଙ୍କୁ ନିର୍ଦ୍ଦେଶ ଦେଲେ ବ୍ରହ୍ମା। ସେହି ଦୁର୍ଲଭ ସ୍ଥାନଗୁଡ଼ିକୁ ବ୍ରହ୍ମା, ବିଷ୍ଣୁ ଓ ଶିବ ମିଶି ଶକ୍ତିପୀଠର ମାନ୍ୟତା ଦେଲେ। ସେଗୁଡ଼ିକ ମଧ୍ୟରେ ୪ଟି ଆଦିଶକ୍ତି ପୀଠ, ୧୮ଟି ମହାଶକ୍ତି ପୀଠ ଓ ୫୧ଟି ଶକ୍ତିପୀଠ ରହିଛି। ଆଦିଶକ୍ତି ପୀଠ ହେଲେ- (୧) ପୁରୀ ଶ୍ରୀମନ୍ଦିରରେ ପୂଜିତା ମା'ବିମଳା (ପାଦଖଣ୍ଡ), (୨) ଗଞ୍ଜାମ ଜିଲ୍ଲା ବ୍ରହ୍ମପୁର ସହର ନିକଟସ୍ଥ ଋଷିକୂଲ୍ୟା ନଦୀ ଉପକଣ୍ଠରେ କୁମାରୀ ପାହାଡ଼ ଉପରେ ବିରାଜିତ ମା' ତାରାତାରିଣୀ(ସ୍ତନଖଣ୍ଡ), (୩) ଆସାମର ଗୌହାଟୀସ୍ଥିତ କାମାକ୍ଷା ଦେବୀ (ଯୋନିଖଣ୍ଡ) ଓ (୪) କୋଲକତାର ଦକ୍ଷିଣ କାଳୀ (ମୁଖଖଣ୍ଡ)। ଓଡ଼ିଶାରେ ମଧ୍ୟ ଗୋଟିଏ ମହାଶକ୍ତିପୀଠ ମା' "ବିରଜା" ରହିଛନ୍ତି।

ତେବେ ଭାରତୀୟ ଉପମହାଦେଶରେ ଥିବା ଶକ୍ତିପୀଠମାନଙ୍କ ମଧ୍ୟରେ ହିମାଚଳ ପ୍ରଦେଶର କାଙ୍ଗଡ଼ାରେ ମାତା ସତୀଙ୍କ ମସ୍ତକ ଖଣ୍ଡ ପଡ଼ିଥିଲା। ଏଥିଯୋଗୁ ଏହି ସ୍ଥାନରେ ମାତା ମନସା ଦେବୀଙ୍କର ଭବ୍ୟ ମନ୍ଦିର ନିର୍ମାଣ ହୋଇଥିଲା। ସେହିପରି ଏଠାରେ ମାତାଙ୍କ ମସ୍ତକ ପଡ଼ିବାରୁ ବ୍ରଜେଶ୍ୱରୀ ଦେବୀ ଶକ୍ତିପୀଠ, ଜ୍ୱାଳାମୁଖୀରେ ଜିହ୍ୱା ଖଣ୍ଡ ପଡ଼ିବାରୁ ଜ୍ୱାଳାଜୀ, ମନର ଭାଗ



ପଡ଼ିବାରୁ ଛିନ୍ନ ମସ୍ତିକା, ନୟନରୁ ନୟନ ଦେବୀ ହୋଇଛନ୍ତି। ସେହିପରି ତ୍ରିପୁରାରେ ଜଙ୍ଘ ଖଣ୍ଡ ପଡ଼ିବାରୁ ମାତା ଜୟନ୍ତୀ ଦେବୀ, କୋଲକତାରେ ଡ଼ାହାଣ ପାଦ ଅଙ୍ଗୁଳି ପଡ଼ିବାରୁ କାଳୀ ମନ୍ଦିର, ସାହାରାନପୁର ନିକଟ ଶିଓ୍ୱାଲିକ୍ ପର୍ବତ ଉପରେ ମସ୍ତକ ଖଣ୍ଡ ପଡ଼ିବାରୁ ଶକୁମ୍ଭରୀ, କୁରୁକ୍ଷେତ୍ରରେ ଗଳାର ଆଭୂଷଣ ପଡ଼ିବାରୁ ଭଦ୍ରକାଳୀ ଶକ୍ତିପୀଠ ତଥା ଶିଓ୍ୱାଲିକ୍ ଗିରିମାଳାରେ ଦେବୀଙ୍କ ମସ୍ତିସ୍କର ଅଗ୍ରଭାଗ ପଡ଼ିବାରୁ ମନସା ଦେବୀ ଶକ୍ତିପୀଠ ସୃଷ୍ଟି ହେଲା।

ଏହି ଶକ୍ତିପୀଠରେ ମହାଭାରତର ପାଣ୍ଡବ ଭାଇମାନେ ବନବାସ ସମୟରେ ମାତା ମନସା ଦେବୀ ମନ୍ଦିରରେ ଦେବୀଙ୍କୁ ଆରାଧନା କରିଥିଲେ। ପାଣ୍ଡବମାନେ ବନବାସ ସମୟରେ ଭଗବାନ ଶ୍ରୀକୃଷ୍ଣ ମଧ୍ୟ ଏହି ଅଞ୍ଚଳକୁ ଆସିଥିବା ପ୍ରମାଣ ରହିଛି। ତେବେ ପିଞ୍ଜୌର, ସକେତଡ଼ୀ ଓ କାଲକା ଅଞ୍ଚଳରେ ପୁରାତତ୍ତ୍ୱବିତ୍‌ମାନଙ୍କ ଅନୁସନ୍ଧାନରୁ ଏଠାରେ ଯେଉଁ ପ୍ରାଚୀନ ପଦାର୍ଥ ମିଳିଛି, ତାହା ପାଷାଣ ଯୁଗର ବୋଲି କୁହାଯାଉଛି। ଏଥିରୁ ସ୍ପଷ୍ଟ ହେଉଛି ଯେ, ଆଦିମ କାଳରେ ମଧ୍ୟ ଏହି କ୍ଷେତ୍ରରେ ମଣିଷର ଅବସ୍ଥାନ ଥିଲା ଓ ସେ ଦେବୀ ଦେବତାଙ୍କୁ ପୂଜା କରୁଥିଲେ। ଏଣୁ ଏହି ସ୍ଥାନରେ ମାତା ମନସା ଦେବୀଙ୍କ ମନ୍ଦିର ବିଦ୍ୟମାନ ଥିବା ଜଣାପଡୁଛି।

ବର୍ଷର ବିଭିନ୍ନ ସମୟରେ ମାତା ମନସା ଦେବୀଙ୍କ ମନ୍ଦିରରେ ଭକ୍ତ ଓ ଶ୍ରଦ୍ଧାଳୁଙ୍କ ଗହଳି ଲାଗି ରହିଥାଏ। ମାତା ମନସା ଦେବୀଙ୍କ ମନ୍ଦିରର ଅପରୂପ ଶୋଭା ଦେଖିବା ଭଳି ହୋଇଥାଏ। ଏଥିପାଇଁ ଲକ୍ଷ ଲକ୍ଷ ଭକ୍ତ ଓ ଶ୍ରଦ୍ଧାଳୁ ମୁଖ୍ୟତଃ ମାତା ମନସା ଦେବୀଙ୍କୁ ପୂଜା କରିବାକୁ ଏଠାକୁ ଆସିଥାନ୍ତି। ଏଠାକାର ପୂଜାବିଧିର ପ୍ରତ୍ୟେକ କାର୍ଯ୍ୟକ୍ରମ ଖୁବ୍ ଆନନ୍ଦଦାୟକ ଓ ମନୋରମ।

## ୭ କୋଟି ଟଙ୍କା ବ୍ୟୟ ଅଟ୍ଟକଳରେ ନିର୍ମାଣ ହେବ ହୋଲସେଲ ମାର୍କେଟ



କେନ୍ଦ୍ରାପଡ଼ା (ପିଏନ୍): କେନ୍ଦ୍ରାପଡ଼ା ସହର ଉପକଣ୍ଠ ଜମଧର ଗ୍ରାମପଞ୍ଚାୟତରେ ଥିବା ନିୟନ୍ତ୍ରିତ ବଜାର କମିଟି(ଆର.ଏମ.ସି.) ପରିସରରେ ନିର୍ମାଣ ହେବ ହୋଲସେଲ ବଜାର। ଏଥିପାଇଁ ୭ କୋଟି ଟଙ୍କାର ବ୍ୟୟ ଅଟ୍ଟକଳ କରାଯାଇଛି। ଏହି ଅର୍ଥ ନିୟନ୍ତ୍ରିତ ବଜାର କମିଟି ତା'ର ନିଜସ୍ୱ ପାଣ୍ଠିରୁ ଖର୍ଚ୍ଚ କରିବ। ପରେ କେନ୍ଦ୍ର ସରକାର ଏହି ଅର୍ଥ ବହନ କରିବେ। ଏଥିପାଇଁ ୩୨ଟି ଗୋଦାମ ଗୃହ ନିର୍ମାଣ ହେବ। ଏହି ଗୋଦାମ ଗୃହରେ ଚାଷୀମାନେ ଅମଳ କରୁଥିବା ପନି ପରିବା ଓ ସାମଗ୍ରୀ ମହଜୁଦ ହୋଇ ରହିବ ବୋଲି କହିଛନ୍ତି ନିୟନ୍ତ୍ରିତ ବଜାର କମିଟିର ନିର୍ବାହୀ ଅଧିକାରୀ ଅଜୟ କୁମାର ରାଉତ। ସେ କହିଛନ୍ତି ଚାଷୀମାନଙ୍କ ସୁବିଧା ପାଇଁ ଏହା କରାଯାଉଛି। ସେହିପରି ଏହା ପରିସରରେ ୩ କୋଟି ଟଙ୍କା ବ୍ୟୟରେ ଏକ ଦୈନନ୍ଦିନ ବଜାର ମଧ୍ୟ ନିର୍ମାଣ କରାଯିବ। ସେଥିପାଇଁ ୮୦ଟି ଦୋକାନ ଗୃହ ନିର୍ମାଣ ହେବ। ଏହା ପରିସରରେ ଚାଷୀମାନେ ବିଭିନ୍ନ ପ୍ରକାର ଜିନିଷ ବିକ୍ରି କରିପାରିବେ। ନିୟନ୍ତ୍ରିତ ବଜାର କମିଟି ପରିସର ମଧ୍ୟରେ ଜାତୀୟ କୃଷି ବଜାର ଯୋଜନାରେ ୨ କୋଟି ଟଙ୍କା ବ୍ୟୟରେ ସୁନ୍ଦର ରାସ୍ତା ନିର୍ମାଣ ହେବାର ପ୍ରସ୍ତାବ ରହିଛି। ଯାହା ଫଳରେ ଗାଡି ମଟର ଚାଷୀଙ୍କ ଜିନିଷ ନେଇ ଯିବା ଆସିବା କରିପାରିବ। ଏଥିସହ ଗ୍ରାହକମାନେ ମଧ୍ୟ ଗାଡିମଟରରେ ନେଇ ଯିବା ଆସିବା କରିବା ସୁବିଧା ହେବ। ୧୯୭୯ ମସିହାରେ ଏହି ନିୟନ୍ତ୍ରିତ ବଜାର କମିଟି ଗଠନ କରାଯାଇଥିଲା। ଏଥିପାଇଁ ୧୯୮୪ ମସିହାରେ ବିଜ୍ଞପ୍ତି ପ୍ରକାଶ ପାଇଥିଲା। ହେଲେ ଏହା ସହର ଠାରୁ ଦୂରରେ ହୋଇଥିବାରୁ ଲୋକମାନେ ଏହା ପରିସରକୁ ପନି ପରିବା ସମେତ ଅନ୍ୟାନ୍ୟ ସାମଗ୍ରୀ କିଣିବା ପାଇଁ ଆସିବାକୁ ସମସ୍ୟାରେ ପଡୁଛନ୍ତି। ଲୋକମାନଙ୍କୁ ଆକୃଷ୍ଟ କରିବା ପାଇଁ ଉଭୟ କେନ୍ଦ୍ର ଓ ରାଜ୍ୟ ସରକାର ଏହିପରି ଯୋଜନା କାର୍ଯ୍ୟକାରୀ କରୁଛନ୍ତି ବୋଲି ନିର୍ବାହୀ ଅଧିକାରୀ ଶ୍ରୀ ରାଉତ କହିଛନ୍ତି।

## ଖୋରଧା ଜିଲ୍ଲା ସ୍ତରୀୟ ପାଇକ ଆଖଡ଼ା ସମାବେଶ ଓ ମହୋତ୍ସବ



ଖୋର୍ଦ୍ଧା (ପିଏନ୍) - ଖୋର୍ଦ୍ଧା ପାଇକ ଆଖଡ଼ା ସଂଘ ତରଫରୁ ଉଇଲ୍‌କିସନ୍ ନଗର (ନୂଆଗାଁ) ଠାରେ ଏକ ଜିଲ୍ଲା ସ୍ତରୀୟ ପାଇକ ଆଖଡ଼ା ସମାବେଶ ଓ ମହୋତ୍ସବ ଅନୁଷ୍ଠିତ ହୋଇଯାଇଛି। ଏହି ମହୋତ୍ସବରେ ଖୋର୍ଦ୍ଧାର ପ୍ରାକ୍ତନ ବିଧାୟକ ଡ. ଦିଲ୍ଲୀପ ଶ୍ରୀଚନ୍ଦନ ମୁଖ୍ୟଅତିଥି ଭାବେ ଯୋଗଦେଇ କହିଲେ ଖୋର୍ଦ୍ଧାର ବରୁଣେଇ ପାହାଡ଼ ପାଦଦେଶରେ ରାମନାଥ କୋବିନ୍ଦ ପାଇକ ସ୍ମାରକୀ ନିର୍ମାଣ ପାଇଁ ଶିଳାନ୍ୟାସ କରିଥିବା ଜାଗାକୁ ବିନା ମୂଲ୍ୟରେ ରାଜ୍ୟ ସରକାର ଯୋଗାଇଦେବା, ସ୍କୁଲ ପାଠ୍ୟକ୍ରମରେ ପାଇକ ଆଖଡ଼ାକୁ ସ୍ଥାନ ଦେବା, ପାଇକ ଆଖଡ଼ାର ଦକ୍ଷ ଖେଳାଳୀମାନଙ୍କୁ ସୈନ୍ୟବାହିନୀ ଆଦି ଚାକିରୀ କ୍ଷେତ୍ରରେ ଅଗ୍ରାଧିକାର ଦେବା ଓ ପାଇକ ଆଖଡ଼ାକୁ ବଂଚାଇ ରଖିବା ପାଇଁ ପାଇକ ଆଖଡ଼ା ସଂଘଗୁଡ଼ିକୁ ସରକାର ଗୃହ ଓ ଅସ୍ତ୍ରଶସ୍ତ୍ର ଯୋଗାଇ ଦେବା ଉଚିତ୍। ଏଥିରେ ଖୋରଧା ବିକାଶ ମଂଚର ସଭାପତି ଆଇନ୍‌ଜୀବି ନରେନ୍ଦ୍ର ପୃଷ୍ଟି, ପୂର୍ବତନ ଆରକ୍ଷୀ ଅଧିକ୍ଷକ ଦେବୀ ପ୍ରସାଦ ମଜୁମ୍‌ଦାର, ଅଧ୍ୟାପକ ଗୋପାଳକୃଷ୍ଣ ଦାସ, ସଭାପତି ଶମ୍ଭୁନାଥ ସ୍ୱାଇଁ, ଯୋଗୀନାଥ ବଳିଆରସିଂହ, ବିଜୟ କୁମାର ଚୌଧୁରୀ ପ୍ରମୁଖ ଅତିଥି ଭାବେ ଯୋଗ ଦେଇ ପାଇକ ଆଖଡ଼ା ସହ ଓଡ଼ିଶାର ବୀରତ୍ୱ ବ୍ୟଞ୍ଜକ ଇତିହାସ ଜଡ଼ିତ ବୋଲି ମତବ୍ୟକ୍ତ କରିଥିଲେ। ଖୋରଧା ପାଇକ ଆଖଡ଼ା ସଂଘର ସମ୍ପାଦକ କବିରାଜ ପ୍ରଧାନଙ୍କ ଉଦ୍ୟମରେ ଏହି ଉତ୍ସବ ଆୟୋଜିତ ହୋଇଥିବା ବେଳେ ଉତ୍ସବର ପ୍ରାରମ୍ଭରେ ମା' ଅଁଳେଇଙ୍କ ଠାରୁ ଜିଲ୍ଲାର ବିଭିନ୍ନ ସ୍ଥାନରୁ ଆସିଥିବା ପାଇକ ଆଖଡ଼ା ଦଳମାନେ ଏକ ମଶାଲ ଶୋଭାଯାତ୍ରା ସହ ପାଇକ ଆଖଡ଼ା ପ୍ରଦର୍ଶନ କରି ଗ୍ରାମ ପରିକ୍ରମା କରିଥିଲେ ଓ ମହୋତ୍ସବ ମଂଚରେ ମଧ୍ୟ ସେମାନଙ୍କର କଳାକୌଶଳ ପ୍ରଦର୍ଶନ କରିଥିଲେ।

## ଜ୍ୟୋତିର୍ବିଦ୍ ଶ୍ରୀପତି ଆଚାର୍ଯ୍ୟ ଆନ୍ତର୍ଜାତୀୟ ଜ୍ୟୋତିଷ ସଂଘ, ଆମେରିକା ଦ୍ୱାରା ସମ୍ମାନିତ

ଭୁବନେଶ୍ୱର (ପିଏନ୍) : ଜ୍ୟୋତିର୍ବିଦ୍ ପଣ୍ଡିତ ଶ୍ରୀପତି ଆଚାର୍ଯ୍ୟ ଜଣେ ଉଚ୍ଚକୋଟୀର ଜ୍ୟୋତିର୍ବିଦ୍ ଏବଂ ବାସ୍ତୁଶାସ୍ତ୍ର ବିଶାରଦ ମଧ୍ୟ। ଜୀବନ କାଳରେ ନିଜର ମହାନ୍ ସାଧନା ଏବଂ ସଠିକ ଭବିଷ୍ୟତବାଣୀ ପାଇଁ ପୂର୍ବରୁ ଅନେକ ସମ୍ମାନର ଅଧିକାରୀ ହୋଇସାରିଛନ୍ତି। କିନ୍ତୁ ଏଥର ଆନ୍ତର୍ଜାତୀୟ ଜ୍ୟୋତିଷ ସଂଘ ଆମେରିକା ଦ୍ୱାରା ସମ୍ମାନିତ ହୋଇଛନ୍ତି। ମହାରାଷ୍ଟ୍ରର ନାଗପୁର ସହରରେ 'ଭାରତୀୟ ଅର୍ଥନୀତିର ଭବିଷ୍ୟତ' ଏବଂ 'ବୈଦିକ ଗଣିତ ଜ୍ୟୋତିଷ ଶାସ୍ତ୍ର କ୍ଷେତ୍ରରେ ବରାହମିହିର ଏବଂ ଆର୍ଯ୍ୟଭଟ୍ଟଙ୍କ ଭୂମିକା' ଶୀର୍ଷକ ଏକ ଅନ୍ତର୍ଜାତୀୟ ଜ୍ୟୋତିଷ ସମ୍ମିଳନୀ ଅନୁଷ୍ଠିତ ହୋଇଯାଇଛି। ଏହି ସମ୍ମିଳନୀ 'ଆନ୍ତର୍ଜାତୀୟ ଜ୍ୟୋତିଷ ସର୍ବେକ୍ଷଣ ସଂଘ, ଆମେରିକା' ଦ୍ୱାରା ଅନୁଷ୍ଠିତ ହୋଇଥିଲା। ଏଥିରେ ସାରା ବିଶ୍ୱର ଅନେକ ଦେଶର ବରିଷ୍ଠ ଜ୍ୟୋତିର୍ବିଦ୍ ମାନେ ଉପସ୍ଥିତ ଥିଲେ। ଏହିଠାରେ ଜ୍ୟୋତିର୍ବିଦ୍ ପଣ୍ଡିତ ଶ୍ରୀପତି ଆଚାର୍ଯ୍ୟ, ଓଡ଼ିଶା ତରଫରୁ ପ୍ରତିନିଧିତ୍ୱ କରୁଥିଲେ ଏବଂ ସେହିଠାରେ ସ୍ଥାନୀୟ ଅତିଥି ଭାବେ ଏବଂ ଜ୍ୟୋତିଷ ବିଦ୍ୟା କ୍ଷେତ୍ରରେ ନିଜର ସାଧନା ପାଇଁ ତାଙ୍କୁ 'ବରାହ ମିହିର ଜ୍ୟୋତିଷ ପୁରସ୍କାର' ସମ୍ମାନରେ ସମ୍ମାନିତ କରାଯାଇଛି।

## ଝିଲିକ ମୋସନ ପିକଚର ଡ଼ବଲ ଧମାକା



ଖୋର୍ଦ୍ଧା। (ପିଏନ୍)-ଝିଲିକ ମୋସନ ପିକଚରର୍ସ ଦର୍ଶକଙ୍କ ପାଇଁ ଭେଟି ଦେବାକୁ ଯାଉଛି ଡ଼ବଲ ଧମାକା। ଗୋଟିଏ ଦିନରେ ଦୁଇଟି ଚଳଚିତ୍ରର ମହୁରତ କରିଛି ଝିଲିକ ମୋସନ ପିକଚରର୍ସ। ଦୁଇଟି ଯାକ ଚଳଚିତ୍ରର ଶୁଭ ମହୁରତ ଅନୁଷ୍ଠିତ ହୋଇଛି। ଏହି ଦୁଇଟି ସିନେମା ମଧ୍ୟରୁ ଗୋଟିଏର ନାଁ ରହିଛି ତୋର ମୋର କଟି ଓ ଅନ୍ୟଟିର ନାଁ ରହିଛି ପ୍ରିୟେ ତୁ ମୋର ସିଏ। ତୋର ମୋର କଟି ଚଳଚିତ୍ରରେ ମୁଖ୍ୟ ଭୂମିକାରେ ଓଲିଉଡ଼ ମେଗାଷ୍ଟାର ସିଦ୍ଧାନ୍ତ ମହାପାତ୍ର ନଜର ଆସିଥିବା ବେଳେ ଅନ୍ୟମାନଙ୍କ ମଧ୍ୟରେ ଶୈଳେନ୍ଦ୍ର, ଶିତଲ, ଟୁକୁନା ଷ୍ଟାଇଲିସ, ସୁଦିପ୍ତ କାଳିଆ ଷଣ୍ଢ, ଜୀବନ ପଣ୍ଡ, ଐଶ୍ୱର୍ଯ୍ୟା, ସୁଧାଂଶୁ ମୋହନ ସାହୁ, ଟୁଟୁ ନାୟକ ପ୍ରମୁଖ ନଜର ଆସିବେ। ସେହିପରି ଦ୍ୱିତୀୟ ସିନେମା ପ୍ରିୟେ ତୁ ମୋର ସିଏରେ ଅମ୍ଳାନ ନାୟକ ଭୂମିକାରେ ନଜର ଆସିଥିବା ବେଳେ ଏଲିନା ଓ ବବି ମିଶ୍ର ମଧ୍ୟ ନଜର ଆସିବେ। ଏମାନଙ୍କ ସହ ସୋମା ଭୌମିକ ଅମର, ଗୁଡ୍ଡୁ, ଧରିତ୍ରୀ ଖଣ୍ଡୁଆଳ, ପୃଥ୍ୱିରାଜ ନାୟକ, ଟିଲୁ ଭାଇ ଓ ଇଲୁ ବାନାର୍ଜୀ ପ୍ରମୁଖ ଅଭିନୟ କରିଛନ୍ତି। ରମେଶ ରାଉତ ତୋର ମୋର କଟି ଚଳଚିତ୍ରରେ ନିର୍ଦ୍ଦେଶନା ଦେଇଥିବା ବେଳେ ଏଥିରେ ସଂଗୀତ ନିର୍ଦ୍ଦେଶନା ଦେଇଛନ୍ତି ପ୍ରେମାନନ୍ଦ। ସେହିଭଳି ପ୍ରିୟେ ତୁ ମୋର ସିଏ ଚଳିଚିତ୍ରରେ ନିର୍ଦ୍ଦେଶନା ଭାର ସମ୍ଭାଳିଛନ୍ତି ସୁଧାଂଶୁ ସାହୁ। ଏଥିରେ ବୈଦ୍ୟନାଥ ଦାସ, ସଙ୍ଗୀତ ନିର୍ଦ୍ଦେଶନା ଦେଇଛନ୍ତି। ଉଭୟ ଚଳଚିତ୍ରର ପ୍ରଯୋଜନା ଦାୟିତ୍ୱ ସମ୍ଭାଳିଛନ୍ତି ଅଭିନେତ୍ରୀରୁ ପ୍ରଯୋଜନାରେ ପାଦ ଥାପିଥିବା ଝିଲିକ ଭଟ୍ଟାଚାର୍ଯ୍ୟ। ଏହି କାର୍ଯ୍ୟକ୍ରମରେ ମୁଖ୍ୟ ଅତିଥି ଭାବେ ସମାଜ ସେବୀ ପ୍ରତିମା ଘଡ଼େଇ ଯୋଗ ଦେଇ ପ୍ରଦୀପ ପ୍ରଜ୍ୱଳନ କରି ଉଦଘାଟନ କରିଥିଲେ। ଅନ୍ୟମାନଙ୍କ ମଧ୍ୟରେ ପ୍ରଯୋଜକ ଟୁଟୁ ନାୟକ, ପ୍ରଦ୍ୟୁମ୍ନ ଲେଙ୍କା, ଅଭିନେତା ସିଦ୍ଧାନ୍ତ ମହାପାତ୍ର ନିର୍ଦ୍ଦେଶକ ସୁଧାଂଶୁ ମୋହନ ସାହୁ, ସଂଗୀତ ନିର୍ଦ୍ଦେଶକ ପ୍ରେମାନନ୍ଦ ପ୍ରମୁଖ ଉପସ୍ଥିତ ଥିଲେ। ପୂର୍ବରୁ ଝିଲିକ ମୋସନ ପିକଚର ବ୍ୟାନରେ ରୁଦ୍ରାଣି ଓ କିସମିସ ସୁଂଟି ଶେଷ ହୋଇ ରିଲିଜ ଅପେକ୍ଷାରେ ରହିଛି। ଆଗାମୀ ରଥ ଯାତ୍ରାରେ ରୁଦ୍ରାଣି ସିନେମାଟି ମୁକ୍ତିଲାଭ କରିବ ବୋଲି ପ୍ରଯୋଜନା ସଂସ୍ଥା ଘୋଷଣା କରି ସାରିଛି।

ସଂ ଗଚ୍ଛଧ୍ୱଂ ସଂ ବଦଧ୍ୱଂ ସଂ ବୋ ମନାଂସି ଜାନତାମ୍ ।
ଦେବା ଭାଗଂ ଯଥା ପୂର୍ବେ ସଂଜାନାନା ଉପାସତେ ।।
ସମାନୋ ମନ୍ତ୍ରଃ ସମିତିଃ ସମାନୀ ସମାନମ୍ ମନଃ ସହ ଚିତ୍ତମେଷାମ୍ ।
ସମାନଂ ମନ୍ତ୍ରମଭି ମନ୍ତ୍ରୟେ ବଃ ସମାନେନ ବୋ ହବିଷା ଜୁହୋମି ।।
ସମାନୀ ବ ଆକୂତିଃ ସମାନା ହୃଦୟାନି ବଃ ।
ସମାନମସ୍ତୁ ବୋ ମନୋ ଯଥା ବଃ ସୁସହାସତି ...
ଋଗ୍ ବେଦ ୧୦/୧୯୧-୨-୪

ପର୍ଯ୍ୟବେକ୍ଷକ ସମ୍ପାଦକୀୟ

ଭୁବନେଶ୍ୱର, ୨୦୨୪, ଫେବୃଆରୀ ୨୨

# ମହାରାଜା ଶ୍ରୀରାମଚନ୍ଦ୍ର ଭଞ୍ଜଦେଓ

ମହାରାଜା ଶ୍ରୀରାମଚନ୍ଦ୍ର ଭଞ୍ଜଦେଓ ଜଣେ ପ୍ରଜାବତ୍ସଳ, ପରୋପକାରୀ ଓ ସ୍ୱଦେଶପ୍ରେମୀ ଶାସକ ଥିଲେ । ମୟୂରଭଞ୍ଜର ରାଜା ଥିଲେ ହେଁ ନିଜର ଅସାଧାରଣ ପ୍ରତିଭା ଓ ପ୍ରଚେଷ୍ଟା ବଳରେ ଓଡ଼ିଶାର ରାଜନୀତିକ, ସାମାଜିକ ଓ ସାଂସ୍କୃତିକ କ୍ଷେତ୍ରକୁ ପ୍ରଭାବିତ କରିପାରିଥିଲେ । ଓଡ଼ିଆ ଜାତି ଓ ଭାଷା ପ୍ରତି ତାଙ୍କର ଗଭୀର ମମତା ଥିଲା । ଉତ୍କଳ ସମ୍ମିଳନୀର ପ୍ରଥମ ଅଧିବେଶନରେ ସେ ସଭାପତିତ୍ୱ କରିଥିଲେ । ୧୯୦୩ ଡିସେମ୍ବର ୩୦ ତାରିଖରେ ଏହି ଐତିହାସିକ ସଭା କଟକରେ ଅନୁଷ୍ଠିତ ହୋଇଥିଲା । ଓଡ଼ିଆ ଭାଷାଭାଷୀ ଅଞ୍ଚଳର ଏକତ୍ରୀକରଣ ପାଇଁ ତାଙ୍କର ଅବଦାନ ଅତୁଳନୀୟ । ଶ୍ରୀରାମଚନ୍ଦ୍ର ଭଞ୍ଜ ମେଡ଼ିକାଲ କଲେଜ ମୟୂରଭଞ୍ଜ ରାଜବଂଶର ଏକ କୀର୍ତ୍ତି । କଳା-ସାହିତ୍ୟ-ସାଂସ୍କୃତିକ-ଶିକ୍ଷା ଅନୁଷ୍ଠାନର ପ୍ରତିଷ୍ଠାରେ ସେ ମନ ଦେଇଥିଲେ । କଟକରେ ଉତ୍କଳ ସାହିତ୍ୟ ସମାଜର ସ୍ଥାୟୀ ସଭାଗୃହ ତାଙ୍କର ଅବଦାନ । ଶ୍ରୀରାମଚନ୍ଦ୍ର ଥିଲେ ସାହିତ୍ୟାନୁରାଗୀ ଓ କଳାପ୍ରେମୀ । ତାଙ୍କ ପୃଷ୍ଠପୋଷକତାରେ ବାରିପଦାରୁ ଉତ୍କଳ ପ୍ରଭା ସାହିତ୍ୟ ପତ୍ରିକା ପ୍ରକାଶ ପାଇଥିଲା । ସେ ଛଉ ନୃତ୍ୟ ବିଶାରଦ ଥିଲେ । ରାଜକୋଷରୁ ବିପୁଳ ଅର୍ଥ ବ୍ୟୟକରି ମୟୂରଭଞ୍ଜ ଛଉ ନୃତ୍ୟର ଅଭିବୃଦ୍ଧି ଘଟାଇଥିଲେ । ବିଳାସବ୍ୟସନ, ଚାକଚକ୍ୟ ପ୍ରତି ତାଙ୍କର ଆଗ୍ରହ ନଥିଲା । ରାଜପ୍ରାସାଦର ଏକ ସାଧାରଣ କୋଠରିରେ ରହୁଥିଲେ । ନିରାମିଷାଶୀ ଥିଲେ ଓ ମଦ୍ୟପାନ କରୁନଥିଲେ । ତାଙ୍କ ରାଜତ୍ୱ କାଳରେ ମୟୂରଭଞ୍ଜ ଓଡ଼ିଶାର ଆଦର୍ଶ ରାଜ୍ୟରେ ପରିଣତ ହୋଇଥିଲା । ଶ୍ରୀରାମଚନ୍ଦ୍ର ଥିଲେ ଶିକାର ପ୍ରିୟ ଏହି ଶିକାର ଯୋଗୁଁ ହିଁ ତାଙ୍କର ପ୍ରାଣ ଯାଇଥିଲା । ରୂପସୀ ବାରିପଦା ରେଳପଥର ସଂପ୍ରସାରଣ କାର୍ଯ୍ୟ ଚାଲିଥିବା ବେଳେ ରେଳବାଇର କିଛି ଉଚ୍ଚ କର୍ମକର୍ତ୍ତା



ଡ଼ଃ.ଅରୁନ୍ଧତୀ ଦେବୀ

ପରିଦର୍ଶନରେ ଆସି ମହାରାଜାଙ୍କ ଆତିଥ୍ୟ ଗ୍ରହଣ କରିଥିଲେ । ରାତିରେ ସେମାନଙ୍କୁ ଧରି ମହାରାଜା ଶିକାରକୁ ଯାଇଥିଲେ । ଗୋଟିଏ ମଞ୍ଚରେ ମହାରାଜା ଥିବା ବେଳେ ଅନ୍ୟ ମଞ୍ଚରେ ଥିଲେ ଅନ୍ୟ ଶିକାରୀମାନେ । ଦୁଇଟି ଭାଲୁ, ସେହି ସ୍ଥାନରୁ ଆସି ଗୁଳି ଖାଇଲେ । ଗୋଟିଏ ଟଳି ପଡ଼ିଲା ଏବଂ ଅନ୍ୟଟି ଆହତ ଅବସ୍ଥାରେ ଜଙ୍ଗଲ ଭିତରକୁ ପଳାଇଲା । ମହାରାଜା ମଞ୍ଚରୁ ତଳକୁ ଓହ୍ଲାଇଲେ । ସେ ପିନ୍ଧିଥିଲେ କଳା ପୋଷାକ । ଅନ୍ଧକାରରେ ତାଙ୍କୁ ଭାଲୁ ଭାବି ଅନ୍ୟ ମଞ୍ଚର ଶିକାରୀମାନେ ଗୁଳି କଲେ । ଫଳରେ ସେ ଗୁରୁତର ଆହତ ହୋଇଥିଲେ । ଚିକିତ୍ସା ସତ୍ତ୍ୱେ ୧୯୧୨ ଫେବୃଆରୀ ୨୨ ତାରିଖ ଦିନ ମାତ୍ର ବୟାଳିଶ ବର୍ଷ ବୟସରେ ତାଙ୍କର ପରଲୋକ ହୋଇଥିଲା ।

*ନିର୍ଦ୍ଦେଶିକା-ସମ୍ପାଦିକା, ଆନ୍ତର୍ଜାତିକ ଅଶୋଭନୀୟତା ନିରୋଧ ଆନ୍ଦୋଳନ, କଟକ, ଦୂରଭାଷ : ୯୯୩୭୧୭୨୮୧୦*

# କାନ୍ତ କବିଙ୍କ ଦୃଷ୍ଟିରେ ଗାନ୍ଧିବାଦ ଓ ଆଜିର ରାଜନୀତି

ଓଡ଼ିଆ ସାହିତ୍ୟ କ୍ଷେତ୍ରରେ କେତେ ଜଣ ବିଶିଷ୍ଟ ସ୍ରଷ୍ଟା । କୌଣସି ଯୁଗ ମଧ୍ୟରେ ନିଜକୁ ସଂଶ୍ଳିଷ୍ଟ ନ କରି ଏକକ ଭାବରେ ସାହିତ୍ୟ ସୃଷ୍ଟି କରିଯାଇଛନ୍ତି । ସେମାନଙ୍କର ସାଧନା କୌଣସି ନିର୍ଦ୍ଦିଷ୍ଟ ଦଳ ମଧ୍ୟରେ ଆବଦ୍ଧ ନ ଥିଲା । ସେହିପରି କେତେଜଣ ସ୍ରଷ୍ଟାଙ୍କ ମଧ୍ୟରୁ ଅନନ୍ୟ ଥିଲେ କାନ୍ତ କବି ଲକ୍ଷ୍ମୀକାନ୍ତ ମହାପାତ୍ର । ତାଙ୍କ "ଜୀବନ ସଙ୍ଗୀତ' ଓଡ଼ିଆ ସାହିତ୍ୟର ଏକ ଅମଳିନ କୀର୍ତ୍ତି । ନିଜ ଜୀବନର ସମସ୍ତ ବାଧା ବିଘ୍ନ, ଅଭାବ, ଅସୁବିଧା, ରୋଗଶୋକ, ରୂପକ ବିଷକୁ ହସି ହସି ପାନ କରି ସମଗ୍ର ଦେଶବାସୀଙ୍କୁ ନିଜର କାନ୍ତ କୋମଳ ପଦାବଳୀ ଦ୍ୱାରା ଆନନ୍ଦ ରୂପକ ଅମୃତ ପରିବେଷଣ କରିଛନ୍ତି । ରୁଷରେ ସାମ୍ୟବାଦ ଓ ସମାଜବାଦର ଶୁଣାଯିବାର ବହୁ ପୂର୍ବରୁ ଓଡ଼ିଶା ଏହି ଭାବରେ ପ୍ରଚାର କରିସାରିଛି ।

ମାନବିକତାର ଉପାସକ କୌଣସି ସମୟରେ ସଂକୀର୍ଣ୍ଣ ଗଣ୍ଡି ମଧ୍ୟରେ ନିଜକୁ ବୁଡ଼ାଇ ରଖିପାରେନା । ଉତ୍କଳୀୟ ସଂସ୍କୃତି ଯେଉଁ ସାମ୍ୟବାଦର ପ୍ରଚାର କରିଛି, ବହୁ ଶତାବ୍ଦୀ ପରେ ବିଂଶ ଶତାବ୍ଦୀରେ ଗାନ୍ଧିଜୀ ତାର ସଂସ୍କାର ମାତ୍ର କରିଛନ୍ତି । ପାରମ୍ପାରିକ ରକ୍ଷଣଶୀଳ ସମାଜରେ ସଂସ୍କାର ଆଣିବା ପାଇଁ ଗାନ୍ଧିଜୀ ଜାତିଭେଦ ପ୍ରକାର ବିଲୋପ ସାଧନ ପାଇଁ ଚେଷ୍ଟିତ ଥିଲେ । ଦକ୍ଷିଣ ଆଫ୍ରିକାରୁ ଫେରିବା ପରେ ବିଂଶ ଶତକର ଦ୍ୱିତୀୟ ଦଶକରେ ଗାନ୍ଧୀଜୀ ଭାରତୀୟ ସମାଜରେ ସଂସ୍କାର ଆଣିବା ନିମିତ୍ତ ଚେଷ୍ଟା କରିଥିଲେ । ତାଙ୍କ ଦ୍ୱାରା ପ୍ରଭାବିତ ହୋଇ ବହୁ ଭାରତୀୟ ବିଦ୍ୱାନ ଭାରତରେ ନବଜାଗରଣର ସୂତ୍ରପାତ କରିବାକୁ ବଦ୍ଧ ପରିକର ହୋଇଥିଲେ । ଓଡ଼ିଶାରେ ମଧ୍ୟ ଏହି ଆନ୍ଦୋଳନ ବ୍ୟାପକ ରୂପେ ଗ୍ରହଣ କରିଥିଲା । କାନ୍ତ କବି ଲକ୍ଷ୍ମୀକାନ୍ତ ମଧ୍ୟ ଗାନ୍ଧଜୀକିଙ୍କ ଆଦର୍ଶ ଦ୍ୱାରା ବହୁଳ ଭାବରେ ପ୍ରଭାବିତ ହୋଇଥିଲେ । ତାଙ୍କ ଦ୍ୱାରା ରଚିତ "ଲକ୍ଷ୍ମୀ ଚାଣ୍ଡାଳୁଣୀ' ରେ ଗାନ୍ଧୀଜୀଙ୍କ ଆଦର୍ଶ ପ୍ରତିଫଳିତ ହୋଇଥିବାର ଲକ୍ଷ କରାଯାଇପାରେ । ପୁରାଣର ବିଷୟ ବସ୍ତୁକୁ ଆଧୁନିକ ସମାଜ ଜୀବନ ସହିତ ମିଶାଇ ସେ ସୃଷ୍ଟି କଲେ ଏକ ଅଭିନବ ସୃଷ୍ଟି । "ଲକ୍ଷ୍ମୀ ଚଣ୍ଡାଳୁଣୀ' ଲେଖାରେ ଜାତିଭେଦ ପ୍ରଥାକୁ ତୀବ୍ର ବ୍ୟଙ୍ଗୋକ୍ତି କରାଯିବା ସଙ୍ଗେ ସଙ୍ଗେ ଜାତିଭେଦ ପ୍ରଥାର ବିଲୋପ ପାଇଁ ସେ ଆହ୍ୱାନ ଦେଇଛନ୍ତି । ଲକ୍ଷ୍ମୀକାନ୍ତ ଗାନ୍ଧିଜୀଙ୍କୁ ଏକ ବ୍ୟକ୍ତି ବିଶେଷ ଭାବରେ ଗ୍ରହଣ ନ କରି ଏକ ମହାଭାବର ଆବାହକ ଭାବରେ ଗ୍ରହଣ କରିଛନ୍ତି । ତାଙ୍କ ଆହ୍ୱାନରେ ସୁପ୍ତ ଜାଗ୍ରତ ହୁଏ । ସ୍ମୃତି ଜୀବନ୍ତ ରୂପି ନିଏ । ମରଣକୁ କରେ ଜୀବନ ଦାନ / ଜୀବନ ଯହିଁରୁ ଅଞ୍ଜଳି ଭରି, କରଇ ମୁକ୍ତ ପୀୟୁଷ ପାନ ।'

ଉପରୋକ୍ତ କବିତାରେ କାନ୍ତ କବି ଏକ ନୂତନ ଦୃଷ୍ଟିକୋଣରୁ ଗାନ୍ଧୀବାଦର ଆଲୋଚନା କରିଛନ୍ତି ।

ଅନ୍ୟ ଦୃଷ୍ଟିରୁ ଭାରତର ସ୍ୱାଧୀନତା ପୂର୍ବରୁ ରାଜନୀତିର ସଂଜ୍ଞା ଯାହା ଥିଲା ସ୍ୱାଧୀନତାର ପରବର୍ତ୍ତୀ କାଳରେ ତା'ର ସଂଜ୍ଞା ବଦଳି ଯିବାକୁ ଲାଗିଲା । ଗାନ୍ଧିଜୀ ଭାରତବାସୀଙ୍କୁ ପ୍ରତିଶ୍ରୁତି ଦେଇଥିଲେ । ଗୋରା ଲୋକଙ୍କ ହାତରୁ ଶାସନ କ୍ଷମତା ଫେରି ଆସିଲେ, ଦେଶର ରାମରାଜ୍ୟ ପ୍ରତିଷ୍ଠିତ ହେବ, ଜାତି ଜାତି ମଧ୍ୟରେ ବହୁ ଦିନରୁ ରହି ଆସିଥିବା ଜାତି -ଭେଦର ପ୍ରାଚୀର ଭଠିଯିବ, ଖଟିଖିଆ ଓ ମୂଲିଆ ସମସ୍ତେ ସମାନ



ଉମାଶଙ୍କର ପ୍ରସାଦ

ଆସନ ଲାଭ କରିବେ । ଅନେକ ଦିନର ସଂଗ୍ରାମ ପରେ ବହୁ ପ୍ରତୀକ୍ଷିତ ସ୍ୱାଧୀନତା ଫେରିଆସିଲା । ସତ ମାତ୍ର, ଗାନ୍ଧିଜୀଙ୍କ ପ୍ରତିଶ୍ରୁତି କେବଳ ପ୍ରତିଶ୍ରୁତିରେ ହିଁ ରହିଗଲା । ଯେଉଁମାନେ ସ୍ୱାଧୀନତା ପୂର୍ବରୁ ଗଳଦ୍‌ଘର୍ମ ହୋଇ ବଡ଼ ବଡ଼ ଭାଷଣ ମାଧ୍ୟମରେ ସୁବର୍ଣ୍ଣ ଯୁଗର ସୂଚନା ଦେଉଥିଲେ । କିନ୍ତୁ ଗାଦି ମାଡ଼ି ବସିବା ପରେ ଅତୀତର ସମସ୍ତ ହିତକୁ ଭୁଲିଯାଇଥିଲେ । ଗୋରା ଦେଶ ଛାଡ଼ିଲେ କିନ୍ତୁ କଳା ଭାରତୀୟ ମାନେ ବର୍ତ୍ତମାନ ସୁଦ୍ଧା ଶୋଷଣ ରାକ୍ଷସ ସାଜି ଆମକୁ ଶୋଷଣ କରି ଚାଲିଛନ୍ତି । କେବଳ ନିର୍ବାଚନ ସମୟ ବ୍ୟତୀତ ଅନ୍ୟ କୌଣସି ସମୟରେ ସେମାନଙ୍କ ଦର୍ଶନ ମିଳିଲା ନାହିଁ । ଏହି କୁତ୍ସିତ ରାଜନୀତିକୁ ଲକ୍ଷ କରି କାନ୍ତ କବି ତାଙ୍କର ଭୋଟର ଲଢ଼େଇ କବିତାରେ ଲେଖିଛନ୍ତି –

"ଗାନ୍ଧୀ କହିଥିଲେ ରାମରାଜ୍ୟ ହେବ  
ଫଳରେ ହୋଇଲା କିସ  
ବାରଭୂତ ମିଳି ହାଣ୍ଡି ଖାଇଗଲେ  
ଏ ଆମ କରମ ଦୋଷ  
ଏବେ ଚେତିଲ ଭଲା, ଚାହିଁ ଚାହୁଁ ତ ସବୁ ସରିଲାଲୋ  
ସ୍ୱାଧୀନ ହୋଇଲା ଦେଶଟା ଆମର  
ପଳାଇଲେ ଗୋରାଲୋକ  
କଳା ଲୋକ ଥୋକେ ଗାଦି ମାଡ଼ିବସି  
ଲାଖିଗଲେ ଯଥା ଜୋକଲୋ ।  
ଲହୁ ଖାଇଲେ ଶୋଷି, ମଲେ ଗରିବ ମୁଲିଆ ଚାଷୀଲୋ ଆମ ଧାନ ଖାଇ ପେଟକୁ କାଢିଣ ଗଣ୍ଡିକୁ କରିଲେ ମୋଟ ଆଜି ଆସି ସିଏ ଦୁଆରେ ଦୁଆରେ ମାଗୁଛନ୍ତି ଦିଅ ଭୋଟ ଲୋ ଇଏ ଥିଲେ ଟି କାହିଁ ଦିନେ ମୁହଁ ଦେଖାଥିଲା ନାହିଁ ଲୋ

ଏହାହିଁ ଆଜିର ରାଜ୍ୟ ରାଜନୀତି । ବାସ୍ତବରେ ଏହାକୁ ରାଜନୀତି ନ କହି ଗରିବ ମାରଣ ନୀତି କହିବା ପ୍ରାଯୁଜ୍ୟ ହେବ ।

କାରଣ ଆଜିର ରାଜନୀତିରୁ ଆଦର୍ଶ, ନ୍ୟାୟ ଓ ନୀତି ବିଦାୟ ନେଇ ତା ସ୍ଥାନରେ ପ୍ରବେଶ କରଛି ଶୋଷଣ ଅନ୍ୟାୟ ଆଉ ଅତ୍ୟାଚାର ଯାହାକୁ ଲକ୍ଷ୍ମୀକାନ୍ତ ତାଙ୍କ କବିତା ମାଧ୍ୟମରେ ତୀବ୍ର ସମାଲୋଚନା କରିଛନ୍ତି । ଆଜି ତାଙ୍କର ୭୧ ତମ ଶ୍ରାଦ୍ଧ ଦିବସ ଅବସରରେ ତାଙ୍କ ପ୍ରତି ଏ ଲେଖକର ଗଭୀର ଶ୍ରଦ୍ଧାଞ୍ଜଳୀ , ଯଦି ତାଙ୍କର ଏହି କଥାକୁ ଆଜିର ରାଜନେତାମାନେ ଉପଲବ୍ଧି କରିବା ସହ ନିଜକୁ ସୁଧାରିପାରିବେ ତାହା ତାଙ୍କ ପ୍ରତି ହେବ ଏକ ବିନମ୍ର ଶ୍ରଦ୍ଧାଞ୍ଜଳୀ

*ସମ୍ପାଦକ,ମାର୍ଗଦର୍ଶୀ*

*ଚଳଭାଷ : ୬୩୭୦୬୭୫୫୬୨*

# ବିଜେଡି ଟିକେଟ ଲବିରେ ବଡ଼ ଆଶାରେ ନେତ୍ରୀମାନେ

ଗତ ୨୦୨୧ ଲୋକସଭା ନିର୍ବାଚନରେ ସମଗ୍ର ଜାତୀୟ ରାଜନୀତିକୁ ଚମକାଇ ଦେଇଥିଲା ଆଞ୍ଚଳିକ ଦଳ ବିଜେଡ଼ି । ମହିଳା ସଶକ୍ତିକରଣର ଏକ ବଡ଼ ବାର୍ତ୍ତା ଓ ଆହ୍ୱାନ ଦେଇ ନବୀନ ବାବୁଙ୍କ ବିଜେଡ଼ି ସମସ୍ତଙ୍କୁ ଚକିତ କଲାପରି ନିଷ୍ପତ୍ତି ନେଇ ସାତଟି ଆସନରେ ମହିଳା ପ୍ରାର୍ଥୀଙ୍କୁ ଟିକେଟ ଦେଇଥିଲା । ତେବେ ଜଣେ ସ୍ୱୟଂ ସହାୟକ ସଂଗଠନର ବ୍ୟକ୍ତି ଭାବେ ରାଜନୀତିର ଧାର ଧାରୀନଥିବା ପ୍ରମିଳା ବିଶୋଇଙ୍କୁ ଟିକେଟ ତ ଦେଇଥିଲା ଆଉ ସେ ବି ବିଜୟ ଲାଭ କରିଥିଲେ । ବିଜେଡ଼ିର ସାତଟି ସିଟରୁ ପାଞ୍ଚଜଣ ଯଥା ଶର୍ମିଷ୍ଠା ସେଠୀ, ରାଜଶ୍ରୀ ମଲ୍ଲିକ, ପ୍ରମିଳା ବିଶୋଇ, ଚନ୍ଦ୍ରାଣୀ ମୁର୍ମୁ ଆଉ ମଞ୍ଜୁଲତା ମଣ୍ଡଳ ଜିତିଥିଲେ କିନ୍ତୁ ଦୁଇଟି ସିଟରେ ଅର୍ଥାତ୍ କୌଶଲ୍ୟା ହିକା ଓ ସୁନୀତା ବିଶ୍ୱାଳ ପରାଜିତ ହୋଇଥିଲେ । ତେବେ ଚଳିତ ନିର୍ବାଚନରେ ବିଜେଡ଼ି ତାର ମହିଳା କାର୍ଡ଼ କ'ଣ ଖୋଲିବ ଏ ନେଇ ଏଯାବତ ରାଜନୈତିକ ସମୀକ୍ଷକମାନେ କୌଣସି ଟେର ବି ପାଇନାହାଁନ୍ତି । ବିଜେଡ଼ିର ବଡ଼ ଭୋଟ ବ୍ୟାଙ୍କ ହେଉଛି ତାର ଶକ୍ତିଶାଳୀ ମହିଳା ସଂଗଠନ । ତୃଣମୂଳ ସ୍ତରରୁ ବିଜେଡ଼ିର ଏହି ମହିଳା ସଂଗଠନ ଅତ୍ୟନ୍ତ ସୁଦୃଢ଼ । ତେବେ ଗତ ଲୋକସଭା ନିର୍ବାଚନରେ ବିଜେଡ଼ି ୩୩% ଆସନରେ ମହିଳା ପ୍ରାର୍ଥୀ ଦେଇ ଯେଉଁ ଚକିତ କଲାପରି ନିଷ୍ପତ୍ତି ନେଇ ସଫଳ ମଧ୍ୟ ହୋଇଥିଲା ଚଳିତ ବିଧାନସଭାରେ ସେହି ଗଣିତକୁ ବିଜେଡ଼ି ଗ୍ରହଣ କରୁଛି କି ? ଏହି ଗଣିତକୁ ନେଇ ଏବେ ଢ଼େର ଅଙ୍କକଷା ତ ଚାଲିଛି କିନ୍ତୁ ଆଶାୟୀ ମହିଳା ପ୍ରାର୍ଥୀଙ୍କ ଲବି ଯୋରଦାର ହୋଇଛି ।

କେନ୍ଦ୍ର ସରକାର ନିକଟରେ ଏହି ବିଲକୁ ପାରିତ କରିସାରିଛନ୍ତି । ତେବେ ଏହାକୁ ଦୃଷ୍ଟିରେ ରଖି ନବୀନ ବାବୁଙ୍କ ବିଜେଡ଼ି ଯଦି ୩୩% ଆସନ ସଂରକ୍ଷଣ ବ୍ୟବସ୍ଥାକୁ ଗ୍ରହଣ କରେ ତେବେ ୪୯ଟି ଆସନରେ ଦଳ ମହିଳା ପ୍ରାର୍ଥୀଙ୍କୁ ଛିଡ଼ା କରିବ । ଗତଥର ବିଜେଡ଼ିର ୧୪ଜଣ ମହିଳା ପ୍ରାର୍ଥୀ ବିଜୟ ଲାଭ କରିଥିଲେ ଓ ପରେ ଉପନିର୍ବାଚନରେ ଆଉ ୩ଜଣଙ୍କ ବିଜୟ ହୋଇଥିଲା । ତେବେ ବଡ଼କଥା ହେଉଛି ବିଜେଡ଼ି ଏଥର ୩୩% ଫର୍ମୁଲାକୁ ଗ୍ରହଣ କଲେ ତାକୁ ଯେଉଁ ଅନୁପାତର ମହିଳା ପ୍ରାର୍ଥୀ ଦରକାର ଏକ କାଳୀନ ଏତେ ସଂଖ୍ୟକ ମହିଳା ପ୍ରାର୍ଥୀଙ୍କୁ ଛିଡ଼ା କରାଇ ଦଳ ରିସ୍କ ନେବ କି ନାହିଁ ଏହା ଉପରେ ବଡ଼ ବିଚାର ବିମର୍ଷ ଚାଲିଥିବାର ଖବର ଗଣମାଧ୍ୟମରୁ ଜଣାପଡୁଛି । ତେବେ ଦଳ ଏ ନେଇ ବରିଷ୍ଠ ନେତା ଓ ଦଳୀୟ ଫୋରମରେ ସୁପ୍ରିମୋ ବ୍ୟାପକ ବିଚାର ବିମର୍ଷ ଚଳାଇଛି । ଦଳର ବଡ଼ ବାର୍ତ୍ତା ହେଉଛି ମହିଳା ସଶକ୍ତି କରଣ ଆଉ ଓଡ଼ିଶାରେ ମହିଳା ସଶକ୍ତିକରଣ ଯେଉଁପରି ବ୍ୟାପକ ହୋଇଛି ତାହା ଭାରତର ଅନ୍ୟ କୌଣସି ରାଜ୍ୟରେ ସମ୍ଭବ ହୋଇପାରିନାହିଁ । ଭାରତରେ ସମ୍ଭବତଃ ବିଜେଡ଼ି ଏକ ମାତ୍ର



ବାଦଲ ଭୂୟାଁ

ଆଞ୍ଚଳିକ ଦଳ ଯାହାର ତୃଣମୂଳରୁ ମହିଳା ସଂଗଠନ ଓ ଛାତ୍ରୀ ସଂଗଠନ ମଧ୍ୟ ଅତ୍ୟନ୍ତ ସୁଦୃଢ଼ । ତେଣୁ ଅନ୍ୟ ଦୁଇଟି ପ୍ରମୁଖ ରାଜନୈତିକ ଦଳ ଏ କ୍ଷେତ୍ରରେ ବିଜେଡ଼ିର ଆଖପାଖର ସମସ୍କନ୍ଦ ହୋଇପାରନ୍ତି ନାହିଁ । ତେବେ ବଡ଼ ପ୍ରଶ୍ନ ହେଉଛି ଏତେ ସଂଖ୍ୟକ ମହିଳା ପ୍ରାର୍ଥୀଙ୍କୁ ଦଳ ଛିଡ଼ା କଲେ ଅନେକ ସ୍ଥାନରୁ ନୂଆ ମୁହଁ ଓ ପ୍ରତିଭାବାନ ଯୋଗ୍ୟ ପାରାଦର୍ଶୀ ସମ୍ପନ୍ନ ଚେହେରାଙ୍କୁ ଟିକେଟ ମିଳିପାରେ । ଦଳ ଗତଥର ଲୋକସଭା ନିର୍ବାଚନରେ ପ୍ରମିଳା ବିଶୋଇଙ୍କ ପରି ଜଣେ ରାଜନୀତିର କିଛି ଜାଣିନଥିବା ସାଧାରଣ ସ୍ୱୟଂ ସଂଗଠନର ଜଣେ ମହିଳାଙ୍କୁ ଛିଡ଼ା କରାଇ ସଶକ୍ତିକରଣର ଯେଉଁ ବଡ଼ ବାର୍ତ୍ତା ଦେଇଥିଲା ତାହା ଜାତୀୟ ରାଜନୀତିରେ ବଡ଼ ହଳଚଳ ସୃଷ୍ଟି କରିଥିଲା । ଆଉ ପ୍ରମିଳା ବିଶୋଇଙ୍କ ବିଜୟ ବିଜେଡ଼ି ରାଜନୀତି ପାଇଁ ଏକ ବଡ଼ ମାଷ୍ଟର ଷ୍ଟ୍ରୋକ ଥିଲା । ତେଣୁ ବିଧାନସଭା କ୍ଷେତ୍ରରେ ମଧ୍ୟ କୌଣସି ଅନାଲୋଚିତ ସମ୍ପୂର୍ଣ୍ଣ ସାଧାରଣ ଜୀବନର ମହିଳାଙ୍କୁ ବି ଦଳ ଟିକେଟ ଦେଇପାରେ । ଗବେଷିକା, ଲେଖିକା, କ୍ରୀଡ଼ାବର୍ଗ ଓ ନିଜ ଅଞ୍ଚଳରେ ପ୍ରତିଭା ଥିବା, ଉଚ୍ଚଶିକ୍ଷିତା ଏପରିକି ଉଦ୍ୟୋଗ କ୍ଷେତ୍ରର ଯୁବ ମହିଳା ଚେହେରାଙ୍କୁ ଦଳ ବି ସମ୍ଭାବନା ଦେଖି ଟିକେଟ ଦେଇପାରେ । ତେବେ ଏ ନେଇ ସବୁକିଛି ସୁପ୍ରିମୋ ନବୀନ ବାବୁଙ୍କ ନିଷ୍ପତ୍ତି ପରେ ହିଁ ମୋହର ଲାଗିବ । ତେବେ ନିଜ କ୍ଷେତ୍ର ଓ ଅଞ୍ଚଳ ଛାଡ଼ି ଏବେ ରାଜଧାନୀ ମୁହାଁ ଅନେକ ମହିଳା ବର୍ଗଙ୍କ ଟିକେଟ ପାଇଁ ଲବି ସହ ବିଭିନ୍ନ ନିର୍ବାଚନ ମଣ୍ଡଳୀରେ ପୋଷ୍ଟର ଓ ବ୍ୟାନର ମଧ୍ୟ ଏକ ପ୍ରକାର ଛାଇ ହୋଇଗଲାଣି । ସାମାଜିକ ଗଣମାଧ୍ୟମରେ ଜୋରଦାର ପ୍ରଚାର ସହ ରାଜନୀତିରେ କିଛି ନଥାଇ ବି କାଳେ ଲବି ଟା ବାଜି ଯିବ ଏପରିବି କିଛି ଚେହେରା ଟିକେଟ ଲାଇନରେ ଅଛନ୍ତି । ତେବେ ଦଳ ସବୁବେଳେ ସ୍ୱଚ୍ଛଭାବମୂର୍ତ୍ତି, ନିଷ୍କଳଙ୍କ ବ୍ୟକ୍ତିତ୍ୱ ଓ ନିର୍ବାଚନ ମଣ୍ଡଳୀରେ ଗ୍ରହଣୀୟ ଚେହେରାଙ୍କୁ ଅଗ୍ରାଧିକାର ଦେଇଥାଏ । ତେଣୁ ଲବି ଯାହା ହେଉନା କାହିଁକି ଏ କ୍ଷେତ୍ରରେ ପ୍ରଭାବୀ ବ୍ୟକ୍ତିତ୍ୱକୁ ଦଳ ବଡ଼ ଗୁରୁତ୍ୱ ଦେବା ସହ ଦଳ ପ୍ରତି ଆନୁଗତ୍ୟ ଓ ନିର୍ବାଚନ ମଣ୍ଡଳୀରେ ଉତ୍ତମ ବ୍ୟକ୍ତିତ୍ୱ ଆଚରଣକୁ ବଡ଼ ମାପକାଠି କରୁଛି । ତେବେ ଅନେକ କ୍ଷେତ୍ରରେ ବିଶେଷକରି ଯେଉଁ ନିର୍ବାଚନ ମଣ୍ଡଳୀରେ ଦଳ ମହିଳା ବର୍ଗଙ୍କୁ ଟିକେଟ ଦେବ ତାଙ୍କ ପୂର୍ବରୁ ଥିବା ବିଧାୟକଙ୍କ ପରିବାରର ଯୋଗ୍ୟ ପ୍ରତିନିଧିଙ୍କୁ ବି ଦଳ ଟିକେଟ ଦେବାର ସମ୍ଭାବନା ବି ରହିଛି । ତେବେ ଉଦ୍ୟୋଗ କ୍ଷେତ୍ରରେ ବା ଗଣମାଧ୍ୟମ ବ୍ୟକ୍ତିତ୍ୱଙ୍କ କ୍ଷେତ୍ରରେ କୌଣସି ପ୍ରଭାବଶାଳୀ ଓ ରାଜ୍ୟ ରାଜନୀତିରେ ପ୍ରଭାବ ଥିବା ମହିଳାଙ୍କୁ ବି ଦଳ ଟିକେଟ ଦେଇପାରେ । ତେବେ ଏ କ୍ଷେତ୍ରରେ ଅନ୍ୟ ଦଳ ଏଯାବତ୍ ବିଜେଡ଼ିର ଟିକେଟ ପରିଚାଳନା କ୍ଷେତ୍ରକୁ ଅପେକ୍ଷା କରିଛନ୍ତି । କାରଣ ବିଜେଡ଼ି ସଂଗଠନର ମହିଳା କ୍ଷେତ୍ର ଅତ୍ୟନ୍ତ ସୁଦୃଢ଼ ଥିବାରୁ ତଥା ସ୍ୱୟଂ ସହାୟକ ସଂଗଠନର ଉତ୍ସର୍ଗୀକୃତ ସହଯୋଗୀ ମାନଙ୍କ ଅକ୍ଲାନ୍ତ ପରିଶ୍ରମ ଦ୍ୱାରା ରାଜ୍ୟର ଯେଉଁ ବ୍ୟାପକ ବିକାଶ ହୋଇଛି ଏହା ହିଁ ବିଜେଡ଼ିର ମହିଳା କାର୍ଡ଼ର ବଡ଼ ଶକ୍ତି ବୋଲି ରାଜନୈତିକ ସମୀକ୍ଷକଙ୍କ ମତ । ତେବେ ବିଜେଡ଼ିର ଶୀର୍ଷ ସ୍ତରରେ ଜୋରଦାର ମାନସ ମନ୍ଥନ ଚାଲିଥିବାବେଳେ ସବୁବେଳେ ରାଜନୈତିକ ନିଷ୍ପତ୍ତିରେ ଚକମା ଦେଖାଉଥିବା ନବୀନ ବାବୁ କେଉଁ ନିର୍ବାଚନ ମଣ୍ଡଳୀର କାହାଙ୍କ ଉପରେ ନିର୍ବାଚନ ଟିକେଟର ଆଶୀର୍ବାଦ ଦେଉଛନ୍ତି ତାହା ଖୁବ ଶୀଘ୍ର ଜଣାପଡ଼ିଯିବ ।

ପ୍ରତିଷ୍ଠାତା ସମ୍ପାଦକ 'ସିଂହଭୂମ', ୪ଜି ପ୍ରତାପ ଆପାର୍ଟମେଣ୍ଟ, ୭ ଏକ୍ସଟେନସନ ରୋଡ଼, ପୁରୁଣା ସୋନାରୀ, ଜାମସେଦପୁର, ଦୂରଭାଷ : ୭୪୮୮୯୯୮୫୩୨ / ୯୨୦୪୬୬୨୦୬୬

# ଅନ୍ୟ ପାଇଁ ବଞ୍ଚିବାର ସଂକଳ୍ପ ନେବା

ଏ ବିଶ୍ୱ ବ୍ରହ୍ମାଣ୍ଡରେ ମନୁଷ୍ୟ ସର୍ବଶ୍ରେଷ୍ଠ ପ୍ରାଣୀ । ଆମ ହିନ୍ଦୁ ଶାସ୍ତ୍ରରେ ଏହା ବର୍ଣ୍ଣିତ ଅଛିଯେ ମନୁଷ୍ୟ ଜୀବନ ଅତି ଦୁର୍ଲଭ କାରଣ ଏହା ବିଶ୍ୱାସ କରାଯାଏ ଅନେକ ତପସ୍ୟା ଏବଂ ପୁଣ୍ୟ ବଳରେ ଏହି ଦୁର୍ଲଭ ମନୁଷ୍ୟ ଜନ୍ମ ମିଳିଥାଏ । ବିଶ୍ୱର ଅନେକ ପ୍ରସିଦ୍ଧ ବୈଜ୍ଞାନିକଙ୍କ ଆକଳନ ଅନୁଯାଇ ୧୮ ଲକ୍ଷ ପ୍ରଜାତିର ଜୀବଙ୍କ ମଧ୍ୟରୁ ମନୁଷ୍ୟ ସର୍ବଶ୍ରେଷ୍ଠ,ସର୍ବଶକ୍ତିମାନ, ବିଚକ୍ଷଣ ବୁଦ୍ଧି ସମ୍ପନ ପ୍ରାଣୀ । ସେଥିପାଇଁ ଶ୍ରୀମଦଭାଗବତମଂ ୭/ ୬/ ୨ ରେ ଏହା ବର୍ଣ୍ଣିତ ଅଛି,

'କୌମାର ଆଚରେତ ପ୍ରାଜ୍ଞ ଧର୍ମାନ ଭାଗବତାନିହ ।  
ଦୁର୍ଲଭଂ ମାନୁଷଂ ଜନ୍ମ ତଦପ୍ୟ ଧ୍ରୁବମର୍ଥଦମ୍ ।'

ପରମ ଶାସ୍ତ୍ର ଭାଗବତରେ ଏହା ବର୍ଣ୍ଣିତ ରହିଛି ୮୪ଲକ୍ଷ ଜନ୍ମ ପରେ ଦୁର୍ଲଭ ମନୁଷ୍ୟ ଜନ୍ମ ମିଳିଥାଏ । ସେଥିପାଇଁ କୁହାଯାଇଛି ବାଲ୍ୟକାଳରୁ ମନୁଷ୍ୟକୁ ଈଶ୍ୱରଙ୍କ ଆଶ୍ରିତ ହେବା ଅତ୍ୟନ୍ତ ଆବଶ୍ୟକ କାରଣ ଏହି ଦୁର୍ଲଭ ମନୁଷ୍ୟ ଜନ୍ମ କ୍ଷଣିକ ଏବଂ ପରମାର୍ଥ ପ୍ରଦାନ କରିବାରେ ସମର୍ଥ । ଏ ବିଶ୍ୱବ୍ରହ୍ମାଣ୍ଡରେ ଦେଖାଯାଉଥିବା ସମସ୍ତ ସୁନ୍ଦର ବସ୍ତୁ ବଡ଼ ବଡ଼ ଅଟ୍ଟାଳିକାଠାରୁ ଆରମ୍ଭ କରି ନଦୀ ପୁଷ୍କରିଣୀ ଅରଣ୍ୟ ସାଗର ପ୍ରଯ୍ୟନ୍ତ ସବୁଦିନ ମାଟିରେ ମିଶିବ । ଯାହାର ସୃଷ୍ଟି ହୋଇଛି ତାହାର ଧ୍ୱଂସ ସୁନିଶ୍ଚିତ ସେ ସଜୀବ ହୁଅନ୍ତୁ କିମ୍ବା ନିର୍ଜୀବ । ଏହା ଚିରନ୍ତନ ସତ୍ୟ । ମନୁଷ୍ୟ ଜୀବନ ମଧ କ୍ଷଣସ୍ଥାୟୀ । ପାଣି ଫୋଟକା ପରି ମନୁଷ୍ୟ ର ଆୟୁଷ ମଧ୍ୟ ଅତି ସଂକ୍ଷିପ୍ତ

।ଜନ୍ମ ଏବଂ ମୃତ୍ୟୁ ମନୁଷ୍ୟର ନିୟଂତ୍ରଣରେ ନଥାଏ ଛଅନନ୍ତ କୋଟି ବ୍ରହ୍ମାଣ୍ଡ ନାୟକ ସୃଷ୍ଟିକର୍ତ୍ତା ଜଗତର ନାଥ ଜଗନ୍ନାଥଙ୍କ ନିର୍ଦ୍ଦେଶ ବିନା କୌଣସି କାର୍ଯ୍ୟ ହୋଇନଥାଏ ।କିନ୍ତୁ ଅତ୍ୟନ୍ତ ଦୁଃଖ ଏବଂ ପରିତାପର ବିଷୟ ଏହିକି ଏକବିଂଶ ଶତାବ୍ଦୀର ଅହଙ୍କାରୀ ସ୍ୱାର୍ଥବାଦୀ ମନୁଷ୍ୟ କାମନା ବାସନା ଓ ମାୟାବଚନରେ ଆବଦ୍ଧ ହୋଇ ଇଶ୍ୱରଙ୍କ ଅସିତ୍ୱ ଉପରେ ପ୍ରଶ୍ନବାଚୀ ସୃଷ୍ଟି କରୁଛି ।ମୃତ୍ୟୁ କେତେବେଳେ କେଉଁ ରୂପରେ କାହା ମାଧ୍ୟମରେ ଆସିବ ତାହାକୁ କଳ୍ପନା କରିବା ମନୁଷ୍ୟ ପକ୍ଷରେ ଅସମ୍ଭବ ।ତାହା କେବଳ ସୃଷ୍ଟିକର୍ତ୍ତା ପରମବ୍ରହ୍ମ ଅନାଥର ନାଥ କାଳିଆ ସାଆନ୍ତଙ୍କୁ ଜଣା । ଜିତେନ୍ଦ୍ର ଆୱ୍ୱାଧ ଏନସିପି ଦଳର ନେତା ଏବେ ନିକଟରେ ଅତ୍ୟନ୍ତ ବିବାଦୀୟ ମନ୍ତବ୍ୟ ଦେଇଥିଲେ । ସେ ହିନ୍ଦୁଙ୍କ ଆରାଧ୍ୟ ଦେବତା ମର୍ଯ୍ୟାଦା ପୁରୁଷୋତ୍ତମ ଭଗବାନ ଶ୍ରୀରାମଙ୍କୁ ଆମିଷ ଭକ୍ଷଣକାରୀ ବୋଲି ଦର୍ଶାଇଥିଲେ ଯାହାକି ଅଗଣିତ ହିନ୍ଦୁଙ୍କ ଭାବାବେଗ ଉପରେ କୁଠାରଘାତ କରିଛି । ସେହିପରି କଂଗ୍ରେସ ନେତା ଅଞ୍ଜନେୟ କର୍ଣ୍ଣାଟକର ମୁଖ୍ୟମନ୍ତ୍ରୀ ସିଦ୍ଧରମେୟାଙ୍କୁ ପ୍ରଭୁ ଶ୍ରୀରାମ ସହ ତୁଳନା କରିଛନ୍ତି ଏହା ଅତ୍ୟନ୍ତ ହୀନ ଏବଂ ଶସ୍ତା ରାଜନୀତି । ସମାଜବାଦୀ ଦଳର ନେତା ସ୍ୱାମୀ ପ୍ରସାଦ ମୌରିୟା ହିନ୍ଦୁ ଧର୍ମ ବିରୁଦ୍ଧରେ ଅତ୍ୟନ୍ତ ଆପତ୍ତିଜନକ ବିବାଦୀୟ ମନ୍ତବ୍ୟ ଦେଇଛନ୍ତି । ଏହିପରି ଅନେକ କ୍ଷମତାପିପାଷୁ ରାଜନେତା ଭୋଟ ବ୍ୟାଙ୍କ ରାଜନୀତି ପାଇଁ ବିଭିନ୍ନ ଧର୍ମ ବିରୋଧୀ ମନ୍ତବ୍ୟ ଦେବାରେ ପଛଘୁଞ୍ଚା ଦେଉନାହାନ୍ତି । କିଛି ଦିନ ପୂର୍ବରୁ ତାମିଲନାଡୁ ମୁଖ୍ୟମନ୍ତ୍ରୀ ଏମକେ ଷ୍ଟାଲିନଙ୍କ ପୁଅ ଉଦୟନିଧି ଷ୍ଟାଲିନ ଏବଂ ଡିଏମକେର ଅନ୍ୟତମ ବରିଷ୍ଠ ନେତା ଏ ରାଜା ହିନ୍ଦୁ ସନାତନ ଧର୍ମ ବିରୁଦ୍ଧରେ ଦେଇଥିବା ମନ୍ତବ୍ୟ ଅତ୍ୟନ୍ତ ଅଶୋଭନୀୟ ଏବଂ ଦୁର୍ଭାଗ୍ୟଜନକ । କିଛିଦିନ ପୂର୍ବରୁ ଉଦୟନିଧି ଷ୍ଟାଲିନ କଳାକାର ଓ ଲେଖକଙ୍କ ପକ୍ଷରୁ ଆୟୋଜିତ ସଭାରେ ହିନ୍ଦୁ ସନାତନ ଧର୍ମ ବିରୋଧ ରେ ଅଶାଳୀନ ମନ୍ତବ୍ୟ ଦେଇଥିଲେ । ସେ ସନାତନ ଧର୍ମକୁ ଡେଙ୍ଗୁ ମେଲେରିଆ ସହିତ ତୁଳନା କରିଥିଲେ । ଏବଂ ଏହାକୁ ସମ୍ପୂର୍ଣ୍ଣ ମୂଳଉତ୍ପାଟନ କରାଯିବା ଦରକାର ବୋଲି ବିବାଦୀୟ ମନ୍ତବ୍ୟ ଦେଇଥିଲେ । ଏତାଦୃଶ ଘୃଣା ଏବଂ ହିଂସା ଉଦ୍‌ରେକକାରୀ ।ଚିଠି ଲେଖିଥିବା ପ୍ରମୁଖ ବ୍ୟକ୍ତିବିଶେଷଙ୍କ ମଧ୍ୟରେ ଅଛନ୍ତି ଦିଲ୍ଲୀ ଉଚ୍ଚ୍ଚ ନ୍ୟାୟଳୟର ପୂର୍ବତନ ବିଚାରପତି ଏସ ଏନ ଧୀଙ୍ଗ୍ରା ଚିଠିରେ ଉଲ୍ଲେଖ କରାଯାଇଛି ଯେ ଉଦୟନିଧି ଦେଇଥିବା ମନ୍ତବ୍ୟ ହିଂସା ଓ ଘୃଣା ସୃଷ୍ଟିକାରୀ । ସେଥିପାଇଁ ତାଙ୍କ ବିରୋଧ ରେ ଦୃଷ୍ଟାନ୍ତମୂଳକ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯିବା ଆବଶ୍ୟକ ।ଏହାଛଡା ତାମିଲନାଡୁ ରାଜ୍ୟ ସରକାର କୌଣସି କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିନଥିବାରୁ, ରାଜ୍ୟ ସରକାରଙ୍କ ବିରୋଧରେ ଅଦାଲତ ଅବମାନନା ମାମଲା ରୁଜୁ କରିବାକୁ ଦାବି କରାଯାଇଛି । ସେ ଚିଠିରେ ଆହୁରି ମଧ ଏହା ଉପସ୍ଥାପନ କରାଯାଇଛି କି ଭାରତ ଭଳି ଧର୍ମନିରପେକ୍ଷ ରାଷ୍ଟ୍ରରେ ଘୃଣା ଉଦ୍‌ରେକକାରୀ ମନ୍ତବ୍ୟ ସମ୍ବିଧାନର ଧର୍ମନିରପେକ୍ଷ ଧାରା ଉପରେ ହସ୍ତକ୍ଷେପ ସଦୃଶ ବୋଲି ଚିଠିରେ ଉପସ୍ଥାପନା କରାଯାଇଛି । ଉଦୟ ନିଧିଙ୍କ ମନ୍ତବ୍ୟ ସହିତ ସମସ୍ୱରମିଳାଇ ଡି ଏମ୍ କେ ର ଅନ୍ୟତମ ବରିଷ୍ଠ ନେତା ଏ ରାଜା ସର୍ବପୁରାତନ ସନାତନ ଧର୍ମକୁ ସମାଜରେ ଘୃଣିତ ଏଚ୍ ଆଇ ଭି (ଏଡସ୍) ଓ କୁଷ୍ଠ ରୋଗ ସହିତ ତୁଳନା



ଆଶୁତୋଷ ନାୟକ

କରିଛନ୍ତି । ଚେନ୍ନେଇ ର ଏକ ଦଳୀୟ କାର୍ଯ୍ୟକ୍ରମରେ ଯୋଗଦେଇ ଏ ରାଜା ସନାତନ ଧର୍ମକୁ ଏଚ୍ ଆଇ ଭି ଓ କୁଷ୍ଠ ରୋଗଭଳି ଘୃଣା କରାଯିବା ଦରକାର ବୋଲି ବିବାଦୀୟ ମନ୍ତବ୍ୟ ଦେଇଛନ୍ତି ।

ବେଦ ଓ ଉପନିଷଦ କହେ ସନାତନ ହିନ୍ଦୁ ଧର୍ମ ସର୍ବପୁରାତନ ଓ ସର୍ବଶ୍ରେଷ୍ଠ । ମହାନ୍ ଦାର୍ଶନିକ ତଥା ମହାପୁରୁଷ ସ୍ୱାମୀ ବିବେକାନନ୍ଦ ହିନ୍ଦୁ ସନାତନ ଧର୍ମର ମୂଳମନ୍ତ୍ର ବସୁଧୈବ କୁଟୁମ୍ବକମ୍ ବାର୍ତ୍ତାକୁ ସାରା ବିଶ୍ୱରେ ପହଞ୍ଚାଇଥିଲେ ଏବଂ ସନାତନ ଧର୍ମର ପ୍ରକୃତ ଉଦ୍ଦେଶ୍ୟ ସରଳ ନିର୍ଭୁଲ ଓ ପ୍ରାଞ୍ଜଳ ଭାବରେ ତାର ବ୍ୟାଖ୍ୟା ଆମେରିକାର ଚିକାଗୋ ସହରରେ ନିଜର ଓଜସ୍ୱିନୀ ବକ୍ତୃତା ଦ୍ୱାରା ସମସ୍ତଙ୍କ ଦୃଷ୍ଟି ଆକର୍ଷଣ କରିଥିଲେ । ଚିକାଗୋର ଧର୍ମ ସମ୍ମିଳନୀରେ ସେ ସନାତନ ହିନ୍ଦୁଧର୍ମକୁ ସଠିକ ଭାବରେ ଉପସ୍ଥାପନ କରିଥିବାରୁ ଆମଦେଶ ଭାରତର ସଂସ୍କୃତି ଓ ପରମ୍ପରା ର ମହାନତା ର ଗାଥା ସାରା ବିଶ୍ୱ ପାଇଁ ଉଦାହରଣ ସୃଷ୍ଟି କରିଥିଲା ।

କ୍ଷମତା ପିପାସୁ ରାଜନେତା ସଂଖ୍ୟାଲଘୁ ସଂପ୍ରଦାୟକୁ ଖୁସି କରାଇବା ଲକ୍ଷ୍ୟରେ ଦିଆଯାଉଥିବା ହିନ୍ଦୁ ସନାତନ ଧର୍ମ ବିରୋଧରେ ମନ୍ତବ୍ୟ ଅଗଣିତ ହିନ୍ଦୁଙ୍କ ଭାବାବେଗ ଉପରେ କୁଠାରଘାତ ।ସଂଯମତା, ଶାଳୀନତା ଏବଂ ନୈତିକ ମୂଲ୍ୟବୋଧ ର ଅଭାବ ଥିବା ଏକବିଂଶ ଶତାବ୍ଦୀର ରାଜନେତା ଏହାକୁ ଭୁଲିଯାଇଛନ୍ତି ସର୍ବପୁରାତନ ସନାତନ ଧର୍ମର ଅପମାନ ଅର୍ଥ ଅନନ୍ତ କୋଟି ବ୍ରହ୍ମାଣ୍ଡନାୟକ ବଡଠାକୁର ଜଗତରନାଥ ଜଗନ୍ନାଥଙ୍କ ମର୍ଯ୍ୟାଦାହାନି ଛ ହିନ୍ଦୁ ସନାତନ ଧର୍ମର ମୂଳମନ୍ତ୍ର ଅହିଂସା ।

ଅତ୍ୟନ୍ତ ଦୁଃଖ ଓ ପରିତାପର ବିଷୟ ଏହିକି ଯେ ନିଜକୁ ସର୍ବଶ୍ରେଷ୍ଠ ସର୍ବଶକ୍ତିମାନ ମନେକରୁଥିବା ଏକବିଂଶ ଶତାବ୍ଦୀର ମନୁଷ୍ୟ ପୁଳା ପୁଳା ଟଙ୍କା ବାଟି ବାଟି ସମ୍ପତ୍ତିର ଅଧିକାରୀ ହୋଇମଧ୍ୟ ଅନେକ ବ୍ୟକ୍ତି ଅଶାନ୍ତିରେ କାଳାତିପାତ କରୁଛନ୍ତି । ସବୁକିଛି ସୁଖ ସ୍ୱାଛନ୍ଦ୍ୟ, ଦାମୀ ଗାଡି, ସୁରମ୍ୟ ଅଟ୍ଟାଳିକା,ସୁନା,ରୁପା, ହୀରା ଅଳଙ୍କାର ଥିଲେ ମଧ୍ୟ ମାନସିକ ଅବସାଦ ଏବଂ ଅତ୍ୟଧିକ ଚାପଗ୍ରସ୍ତ ହୋଇ ସୁଶାନ୍ତ ସିଂ ରାଜପୁତଙ୍କ ଠାରୁ ଆରମ୍ଭ କରି ଅନେକ ହିନ୍ଦୀ, ତେଲୁଗୁ, କନ୍ନଡ଼ ସିନେମା ଅଭିନେତା, ଉଚ୍ଚ୍ଚପ୍ରଦସ୍ତ ଅଧିକାରୀ,ପୋଲିସ ଅଫିସର, ଆଇଏସ ଅଫିସର ଆତ୍ମହତ୍ୟାର ରାସ୍ତା ବାଛିନେଉଛନ୍ତି ।

ନିଶାଦ୍ରବ୍ୟ ସେବନ ସ୍ୱାସ୍ଥ୍ୟ ପକ୍ଷେ କ୍ଷତିକାରକ ଜାଣି ମଧ ମନୁଷ୍ୟ ନିଶାଦ୍ରବ୍ୟ ସେବନ କରୁଛ ।ମଦ୍ୟପାନ ଠାରୁ ଆରମ୍ଭ କରି ପାନ,ଗୁଟକା , ସିଗାରେଟ, ହିରୋଇନ,ଡ୍ରଗସ ସେବନ କରି ନିଜ ଜୀବନକୁ ରସାତଳଗାମୀ କରିଦେଉଛି ଏବଂ ତା ସହିତ ତାର ହସ ଖୁସି ପରିବାରକୁ ନଷ୍ଟ କରିଦେଉ । ସେଥିପାଇଁ ପରମଶାସ୍ତ୍ର ଭାଗବତ ରେ କୁହାଯାଇଛି,

'ଆପଣା ହସ୍ତେ ଜିହ୍ୱା ଛେଦି  
କେ ଅଛି ତାର ପ୍ରତିବାଦୀ '

ଏହାର ଅର୍ଥ ମନୁଷ୍ୟ ନିଜେ ନିଜକୁ ଧ୍ୱଂସ କରୁଛି । ନିଶାଦ୍ରବ୍ୟ ସେବନ କରିବା ଦ୍ୱାରା ଅତ୍ୟନ୍ତ ମରାତ୍ମକ ବ୍ୟାଧି ଯେପରି କ୍ୟାନସର,ଶ୍ୱାସ ରୋଗ, ହୃଦରୋଗ, କିଡ଼ନୀ ଜନିତ ଗମ୍ଭୀର ରୋଗ ଏହିପରି ଅନେକ ସ୍ୱାସ୍ଥ୍ୟଗତ ସମସ୍ୟା ମନୁଷ୍ୟ ଠାରେ ପରିଲକ୍ଷିତ ହେଉଛି । ଏବେ ନିକଟରେ ଓଡ଼ିଆ ସିନେଜଗତରେ ଜଣେ ଆଗଧାଡିର ଅଭିନେତା ସାତ୍ୟକି ମିଶ୍ର ସମଗ୍ର ଓଡିଶା ବାସୀଙ୍କୁ ନିଜର ଭିଡିଓ ସନ୍ଦେଶ ମାଧ୍ୟମରେ ନିଶାଦ୍ରବ୍ୟ ସେବନ ନକରିବା ପାଇଁ ସମସ୍ତଙ୍କୁ ନିବେଦନ କରିଛନ୍ତ । ସେ ନିଜେ ନିଶାଦ୍ରବ୍ୟ ସେବନ କରିବା ଦ୍ୱାରା କିପରି ଏକ ବର୍ଷ ଧରି ଜୀବନ ମୃତ୍ୟୁ ସହିତ ସଂଗ୍ରାମ କରି କଷ୍ଟ ପାଇଛନ୍ତି ତାହା ଉପସ୍ଥାପନା କରିଛନ୍ତି ।ଆମ ସମାଜରେ ଏପରି ଅନେକ ବ୍ୟକ୍ତି ଅଛନ୍ତି ଯେଉଁମାନେ ଅର୍ଥ ଏବଂ ଧନସମ୍ପତ୍ତିକୁ ନିଜର ସର୍ବସ୍ୱ ମନେକରନ୍ତି ।ସ୍ନେହ, ପ୍ରେମ,ଆନ୍ତରିକତା, ମାନବିକତା, ଦୟା, କ୍ଷମା, ଆଦର୍ଶତା, ନିଷ୍ଠା, ନୈତିକ ମୂଲ୍ୟବୋଧ, ନିସ୍ୱାର୍ଥପରତା, ତ୍ୟାଗ ସେମାନଙ୍କ ପାଇଁ ମୂଲ୍ୟହୀନ ।ନିଜର ଏବଂ ନିଜ ପରିବାର ବ୍ୟତୀତ ଅନ୍ୟ କଥା ଭାବିବା ପାଇଁ ତାଙ୍କ ପାଖରେ ସମୟ ନଥାଏ । ସେମାନେ ସଦାସର୍ବଦା ନିଜର ସ୍ୱାର୍ଥ ପାଇଁ ଅନ୍ୟମାନଙ୍କ ସହିତ ବନ୍ଧୁତା ସ୍ଥାପନ କରିଥାନ୍ତି ।ଆପେ ବଞ୍ଚିଲେ ବାପର ନାଁ ନୀତିରେ ସେମାନେ ସଦାସର୍ବଦା କାର୍ଯ୍ୟ କରନ୍ତି ।

ଏକବିଂଶ ଶତାବ୍ଦୀର ସ୍ୱାର୍ଥବାଦୀ ମନୁଷ୍ୟ ଅହଂକାରରେ ବଶବର୍ତ୍ତୀ ହୋଇ ଅର୍ଥ ଏବଂ ପ୍ରାଚୁର୍ଯ୍ୟ ବଳରେ ଅନ୍ଧ ହୋଇ ନିଜକୁ ସର୍ବଶ୍ରେଷ୍ଠ, ସର୍ବଶକ୍ତିମାନ ମନେକରୁଛି । ଅତ୍ୟନ୍ତ ଦୁଃଖ ଓ ପରିତାପର ବିଷୟ ଏହିକି କଳିଯୁଗ ମନୁଷ୍ୟର ଔଦ୍ଧତ୍ୟ ଏବେ ଚରମସୀମାରେ ।ଈଶ୍ୱରଙ୍କ ସୁନ୍ଦର ସୃଷ୍ଟି ପ୍ରକୃତିକୁ ଧ୍ୱଂସ କରିବାରେ ସେ ବ୍ୟଗ୍ର ।ଅନେକ ଜଙ୍ଗଲ, ଗଛଲତାକୁ ମନୁଷ୍ୟ ନିଜର ସ୍ୱାର୍ଥ ପାଇଁ ଧ୍ୱଂସ କରିଦେଉଛି । ଏହାଛଡା ନିରୀହ ପଶୁ,ପକ୍ଷୀଙ୍କ ଉପରେ ସ୍ୱାର୍ଥବାଦୀ ମନୁଷ୍ୟ ନିଷ୍ଠୁରତା, ବର୍ବରତା ଆଚରଣ କରୁଛି ୧ କେତେବେଳେ ସେମାନଙ୍କ ଉପରେ ଏସିଡ, ଗରମ ପାଣି ପକାଇଦଉଚ୍ଛି, ସେମାନଙ୍କ ଖାଉ ଥିବା ଖାଦ୍ୟରେ ବିଷ ମିଶାଇଦଉଚ୍ଛି ତ ଆଉ କେତେବେଳେ ସେମାନଙ୍କୁ ହତ୍ୟା କରି ସେମାନଙ୍କ ମାଂସ ଭକ୍ଷଣ କରୁଛି । ଝିଟିପିଟି ଯେପରି ରାତିସାରା ଅନେକ ପୋକ ଝିଣ୍ଟିକା ଖାଇ ପ୍ରାତଃ ସମୟରେ ମହାପୁରୁଷଙ୍କ ଫୋଟ ପଛପଟେ ଲୁଚି ଯାଏ ଏକ ବିଂଶ ଶତାବ୍ଦୀ ମନୁଷ୍ୟର ଚରିତ୍ର ଠିକ୍ ସେହିପରି ।

୧୪୦ଖଣ୍ଡ କାରରେ ବସି ବୁଲୁଥିବା ଏବଂ ୧୦୦୦୦କୋଟିରୁ ଅଧିକ ସମ୍ପତ୍ତିର ଅଧିକାରୀ ଥିବା ଆମ ଓଡିଶାର ପୂର୍ବତନ ସ୍ୱାସ୍ଥ୍ୟମନ୍ତ୍ରୀ ନବ ଦାସ ବହୁ ଚେଷ୍ଟା କରି ମଧ ନିଜ ଜୀବନ ବଞ୍ଚାଇପାରିନଥିଲେ । ଯଦି ପୁଳାପୁଳା ଟଙ୍କା ବାଟି ବାଟି ସମ୍ପତ୍ତି ବଳରେ ସବୁକିଛି ହୋଇପାରୁଥାନ୍ତା ତାହେଲେ ସବୁ ନେତା, ମନ୍ତ୍ରୀ, ଅଫିସର ଅମର ହୋଇଯାଇଥାନ୍ତେ । ସେଥିପାଇଁ ଆମ ଶାସ୍ତ୍ରରେ କୁହାଯାଇଛି

'ଦଇବ ଦଉଡି ମଣିଷ ଗାଈ  
ଯେଣିକି ଟାଣଇ ଶେଣିକି ଯାଇ'

ଆସନ୍ତୁ ଏଇ ନୂତନ ବର୍ଷକୁ ସ୍ୱାଗତ କରିବା ସହିତ ସଂକଳ୍ପ ନେବା ଆମ ରାଷ୍ଟ୍ର ତଥା ବିଶ୍ୱର କଲ୍ୟାଣ ପାଇଁ ଈଶ୍ୱରଙ୍କ ପାଖରେ ହାତଯୋଡି ପାର୍ଥନା କରିବା ଏବଂ ଅନ୍ୟ ପାଇଁ ବଞ୍ଚିବାର କଳା ଶିଖିବା, ନିଜ ମନ ଭିତରେ ଥିବା ଅହଂଭାବ ଓ ଆତ୍ମବଡିମା ପରିତ୍ୟାଗ କରିବା

*ଗୋପାଳପୁର, ବାଲେଶ୍ୱର*

*ମୋବାଇଲ-୭୦୨୦୬୧୧୩୦୦*




# ବିଶ୍ୱ ମାତୃଭାଷା ଦିବସ ଅବସରରେ ସାହିତ୍ୟ ଏକାଡେମୀର ବହୁଭାଷୀ କବି ସମ୍ମିଳନୀ



କୋଲକାତା,(ପି.ଏନ): ବିଶ୍ୱ ମାତୃଭାଷା ଦିବସ ଅବସରରେ ସାହିତ୍ୟ ଏକାଡେମୀ କୋଲକାତା ସ୍ଥିତ ଆଞ୍ଚଳିକ କାର୍ଯ୍ୟାଳୟର ସଭାଗୃହରେ ଏକ ବହୁଭାଷୀ କବି ସମ୍ମିଳନୀ ଅନୁଷ୍ଠିତ ହୋଇଯାଇଛି। ଏହି କାର୍ଯ୍ୟକ୍ରମରେ ସାହିତ୍ୟ ଏକାଡେମୀ କୋଲକାତା କାର୍ଯ୍ୟାଳୟର ଆଞ୍ଚଳିକ ସଚିବ ଡକ୍ଟର ଦେବେନ୍ଦ୍ର କୁମାର ଦେବେଶ ସ୍ୱାଗତ ଭାଷଣ ପ୍ରଦାନ କରିଥିବାବେଳେ ସଭାପତିତ୍ୱ କରିଥିଲେ ସୁପରିଚିତ ମୈଥିଳି କବି ବିଦ୍ୟାନନ୍ଦ ଝା। ଡକ୍ଟର ଦେବେଶ କହିଥିଲେ ଯେ, ସାହିତ୍ୟ ଏକାଡେମୀ ବିଭିନ୍ନ ଭାଷାଭାଷୀ ଲୋକଙ୍କ ମାତୃଭାଷାର ସେବା କରିବାରେ ଆଗଭର। ବହୁଭାଷୀ କାର୍ଯ୍ୟକ୍ରମ ଆୟୋଜନ ସମ୍ପର୍କରେ ସେ ସୂଚନା ପ୍ରଦାନ କରିଥିଲେ। ସଭାପତି ଭାବେ ବିଦ୍ୟାନନ୍ଦ ଝା ମାତୃଭୂମି ଓ ମାତୃଭାଷାର ଗୁରୁତ୍ୱ ଏବଂ ତାହାକୁ ସୁରକ୍ଷିତ ରଖିବାର ଦାୟିତ୍ୱ ତଥା କର୍ତ୍ତବ୍ୟ ବିଷୟରେ ସଚେତନ କରାଇଥିଲେ। ସେ କହିଥିଲେ, ଭାଷାକୁ ବଞ୍ଚାଇ ରଖିବା ପାଇଁ ସମସ୍ତେ ନିଜ ନିଜ ମାତୃଭାଷାରେ ରଚିତ ଅନ୍ତତଃ ଖଣ୍ଡେ ପୁସ୍ତକ ବର୍ଷକ ପଢିବା ଉଚିତ। ଏଥି ସହିତ ମାତୃଭାଷାରେ ରଚିତ ଖଣ୍ଡେ ପୁସ୍ତକ ଅନ୍ୟକୁ ଉପହାର ଭାବରେ ପ୍ରଦାନ କଲେ ଭାଷା ବଞ୍ଚିବ। ଏହା ଦ୍ୱାରା ଭାଷାପ୍ରେମର ନୂଆ ଜାଗରଣ ସୃଷ୍ଟି ହୋଇପାରିବ। ଏହି କାର୍ଯ୍ୟକ୍ରମରେ ନିମନ୍ତ୍ରିତ କବି ଭାବରେ ଯୋଗଦେଇ ସ୍ୱରଚିତ କବିତା ପାଠ କରିଥିଲେ ଅଦିତି ବସୁରାୟ (ବଙ୍ଗଳା), ଜୀବନ ସିଂହ (ଭୋଜପୁରୀ), ଶେଖର ବାନାର୍ଜୀ (ଇଂରାଜୀ), ପୁନମ୍ ସୋନଛାତ୍ରା (ହିନ୍ଦୀ), ନାରାୟଣ ପ୍ରସାଦ ହୋମଗାଇ (ନେପାଳୀ), ଶୈବାଳିନୀ ସାହୁ (ଓଡିଆ), ଛାୟା ମାଣ୍ଡି (ସାନ୍ତାଳୀ), ଗୁରୁଦୀପ ସିଂହ ସଂଘା (ପଞ୍ଜାବୀ) ) ଏବଂ ଅବୁଜାର ହାଶମି (ଉର୍ଦ୍ଦୁ) ଛ କାର୍ଯ୍ୟକ୍ରମ ସଂଯୋଜନା କରିବା ସହିତ ଶେଷରେ ଧନ୍ୟବାଦ ଅର୍ପଣ କରିଥିଲେ ସାହିତ୍ୟ ଏକାଡେମୀର ସହକାରୀ ସମ୍ପାଦକ କ୍ଷେତ୍ରବାସୀ ନାଏକ। ଏହି କାର୍ଯ୍ୟକ୍ରମରେ ବହୁ ସାହିତ୍ୟିକ ଏବଂ ସାହିତ୍ୟପ୍ରେମୀ ଯୋଗ ଦେଇଥିଲେ। ଓଡିଆ ଭାଷାର ପ୍ରତିନିଧିତ୍ୱ କଲେ ଶୈବାଳିନୀ ସାହୁ ସାହିତ୍ୟ ଏକାଡେମୀ ପକ୍ଷରୁ ଆୟୋଜିତ ବହୁଭାଷୀ କବି ସମ୍ମିଳନୀରେ ଓଡିଆ ଭାଷାର ପ୍ରତିନିଧିତ୍ୱ କରିଥିଲେ ସୁପରିଚିତ କବି ଓ ଲେଖିକା ଶୈବାଳିନୀ ସାହୁ। ତାଙ୍କ ଓଡିଆ କବିତା ଫମୁଁ ହେଉଛି ସେଇ ବୈଶାଖୀ’ ଉପସ୍ଥିତ ଶ୍ରୋତାଙ୍କୁ ମନ୍ତ୍ରମୁଗ୍ଧ କରିଥିଲା। ଓଡିଆରେ ଆବୃତ୍ତି ସହିତ ସେ ଇଂରାଜୀ ଅନୁବାଦ ମଧ ପଢି ଶୁଣାଇଥିଲେ। ସୂଚ୍ଚ୍ଦାଯୋଗ୍ୟ ଯେ ଶ୍ରୀମତୀ ସାହୁ ଦୀର୍ଘ ଦିନରୁ ପ୍ରବାସରେ ରହୁଥିଲେ ସୁଦ୍ଧା ଓଡିଆ ସାହିତ୍ୟ ସୃଷ୍ଟିରେ ନିମଗ୍ନ ରହିଛନ୍ତି। ଏଯାବତ ତାଙ୍କର ଚାରିଟି କବିତା ପୁସ୍ତକ, ଗୋଟିଏ କାବ୍ୟ ଏବଂ ତିନି ଖଣ୍ଡ ଗଳ୍ପ ସଂକଳନ ପ୍ରକାଶିତ ହୋଇସାରିଛି। ସେଗୁଡିକ ମଧ୍ୟରେ ରହିଛି ଫଶୈବାଳିନୀ’, ଫଇତି ତୁମର ଶୈବାଳିନୀ’, ଫଶବ୍ଦରେ ଶବ୍ଦରେ ଶୈବାଳିନୀ’, ଫପ୍ରୀତି କଣିକା’, ଫଫେରିବାକୁ ହେବ’, ଫମମତାର ଧାରେ’, ଫଦ୍ୱାଦଶୀ ଜହ୍ନର ଫଟୋଗ୍ରାଫ’ ଏବଂ ଫରାଜପ୍ରସାଦର ମୋହ’ ଇତ୍ୟାଦି। ତାଙ୍କ କବିତା ଏବଂ ଗଳ୍ପ ଗୁଡିକରେ ବ୍ୟକ୍ତିଗତ ଜୀବନ ତଥା ସାମାଜିକ ଜୀବନର ବାସ୍ତବ ଚିତ୍ର ପ୍ରତିଫଳିତ ହୋଇଥାଏ। ଏଥିସହିତ ଆଧାତ୍ମିକ ଦର୍ଶନ ମଧ ଭରି ରହିଥାଏ। ଜାନକୀ ବଲ୍ଲଭ ସ୍ମୃତି ସମ୍ମାନ, ସୂର୍ଯ୍ୟ ତନୟା ସମ୍ମାନ ଏବଂ ଅପରାହ୍ନ ଲେଖିକା ସମ୍ମାନ ଆଦି ଅନେକ ପୁରସ୍କାର ଓ ସମ୍ମାନ ଲାଭ କରିଛନ୍ତି। ବହୁଭାଷୀ କବି ସମ୍ମିଳନୀରେ ଯୋଗ ଦେଇଥିବାରୁ ଶ୍ରୀମତୀ ସାହୁଙ୍କୁ ଓଡିଆ ଲେଖକ ଲେଖିକା ଓ ସାହିତ୍ୟପ୍ରେମୀମାନେ ଶୁଭେଚ୍ଛା ଓ ଅଭିନନ୍ଦନ ଜଣାଇଛନ୍ତି।

# ସାମସଙ୍ଗ ଇଣ୍ଡିଆର ସବୁଠାରୁ ବଡ଼ ପାର୍ବଣ ଅଫର ରିୱାର୍ଡ଼ ଇୟୋରସେଲ୍ଫର ଶୁଭାରମ୍ଭ

ଭୁବନେଶ୍ୱର: ଭାରତର ଅଗ୍ରଣୀ ଇଲେକ୍ଟ୍ରୋନିକ୍ସ ଏବଂ ସ୍ମାର୍ଟଫୋନ୍ ବ୍ରାଣ୍ଡ, ସାମସଙ୍ଗ ପକ୍ଷରୁ ଚଳିତ ପାର୍ବଣକୁ ଆହୁରି ଅଧିକ ଆକର୍ଷଣୀୟ କରିବା ପାଇଁ ‘ରିୱାର୍ଡ଼ ଇୟୋରସେଲ୍ଫ’ ଅଭିଯାନର ଶୁଭାରମ୍ଭ କରାଯାଇଛି। ‘ରିୱାର୍ଡ଼ ଇୟୋରସେଲ୍ଫ’ ଅଭିଯାନ ସହିତ, ଗ୍ରାହକମାନେ ଏଚଡ଼ିଏଫସି କ୍ରେଡ଼ିଟ କାର୍ଡ଼ ଏବଂ ଡ଼େବିଟ କାର୍ଡ଼ ଏବଂ ଏସବିଆଇ କ୍ରେଡ଼ିଟ କାର୍ଡ଼ ଉପରେ ୧୦% କ୍ୟାଶବ୍ୟାକ ପାଇବା ସହିତ ଆକର୍ଷଣୀୟ ବଣ୍ଡଲ ଅଫର ଏବଂ ସାମସଙ୍ଗର ବିସ୍ତୃତ ସ୍ମାର୍ଟଫୋନ୍ ଶୃଙ୍ଖଳ, ଓୟେରେବୁଲସ ଏବଂ ଟାବଲେଟ ଇତ୍ୟାଦି ପାଇବାର ସୁବିଧା ରହିଛି। ଏହି ପରିପ୍ରେକ୍ଷୀରେ ସାମସଙ୍ଗ ଇଣ୍ଡିଆର ମୋବାଇଲ ବିଜନେସର, ବରିଷ୍ଠ ଉପାଧ୍ୟକ୍ଷ, ଶ୍ରୀ ମୋହନଦୀପ୍ ସିଂ କହିଛନ୍ତି ଯେ, “ପାର୍ବଣ ସମୟରେ ଆମର ଗ୍ରାହକ ମାନଙ୍କ ଉତ୍ସାହକୁ ଆହୁରି ବୃଦ୍ଧି କରିବା ପାଇଁ, ଆମ୍ଭେମାନେ ଆମର ଅଫର ଗୁଡ଼ିକରେ କ୍ୟାଶବ୍ୟାକ, ସର୍ବନିମ୍ନ ମାସିକ କିସ୍ତି ଏବଂ ଅନ୍ୟ ଆକର୍ଷଣୀୟ ଯୋଜନାମାନ ନେଇଆସିଛୁ।” ସାମସଙ୍ଗର ‘ରିୱାର୍ଡ଼ ଇୟୋରସେଲ୍ଫ’ ଅଭିଯାନ ଅନେକ ଗୁଡ଼ିଏ ସ୍ମାର୍ଟଫୋନ୍, ଟାବଲେଟ ଏବଂ ଓୟାରବୁଲସ ଉପରେ ଉପଲବ୍ଧ ଥିବାବେଳେ, ଏହି ପାର୍ବଣ ସମୟରେ ଗାଲାକ୍ସି ଡ଼ିଭାଇସ କ୍ରୟ କରୁଥିବା ପ୍ରତ୍ୟେକ ଗ୍ରାହକଙ୍କ ପାଇଁ ସୁନିଶ୍ଚିତ ପୁରସ୍କାର ନେଇଆସିଛି। ଏହି ଅଫରରେ ୪୯୯୯ ଟଙ୍କାରୁ ୧୦୪୯୯୯ଟଙ୍କା ମଧ୍ୟରେ ରହିଥିବା କେତେକ ବଛାବଛା ସ୍ମାର୍ଟଫୋନ୍, ଟାବଲେଟ ଏବଂ ଓୟେରେବୁଲସ ଉପରେ ଏଚଡ଼ିଏଫସି ବ୍ୟାଙ୍କ କାର୍ଡ଼ରେ ୧୦% କ୍ୟାଶବ୍ୟାକ ସୁବିଧା ରହିଛି। ଏହି ଅଫର ଅକ୍ଟୋବର ୧୫ ରୁ ଅକ୍ଟୋବର ୨୭, ୨୦୨୦ ପର୍ଯ୍ୟନ୍ତ ବୈଧ। ୪୯୯୯ଟଙ୍କାରୁ ୪୭୯୯୯ଟଙ୍କାର ସମସ୍ତ ଗାଲାକ୍ସି ସ୍ମାର୍ଟଫୋନ୍ ଏବଂ ବଛାବଛା ଟାବଲେଟ ଏବଂ ଓୟେରବୁଲସରେ ଏସବିଆଇ କ୍ରେଡ଼ିଟ କାର୍ଡ଼ରେ ୧୦% କ୍ୟାଶବ୍ୟାକ ଉପଲବ୍ଧ। ଏହି ଅଫର ଅକ୍ଟୋବର ୨୮ ରୁ ନଭେମ୍ବର ୧୭, ୨୦୨୦ ପର୍ଯ୍ୟନ୍ତ ବୈଧ ।ଗାଲାକ୍ସି ନୋଟ ୨୦ କ୍ରୟ କରୁଥିବା ଗ୍ରାହକମାନେ ତୁରନ୍ତ ୧୦,୦୦୦ ଟଙ୍କାର କ୍ୟାଶବ୍ୟାକ ପାଇପାରିବେ। ଏହି ଅଫର ଅକ୍ଟୋବର ୧୬ ରୁ ଅକ୍ଟୋବର ୨୫, ୨୦୨୦ ପର୍ଯ୍ୟନ୍ତ ବୈଧ। ଗାଲାକ୍ସି ଏ ସିରିଜ ଏବଂ ସମସ୍ତ ଫ୍ଲାଗସିପ୍ ଡ଼ିଭାଇସ ଉପରେ ଗ୍ରାହକମାନେ ନୋ କଷ୍ଟ୍ ଇଏମଆଇ ସହିତ ଜିରୋ ଡ଼ାଉନପେମେଂଟ ସୁବିଧା ପାଇପାରିବେ। ଗ୍ରାହକମାନେ ୧୩,୦୦୦ ଟଙ୍କା ପର୍ଯ୍ୟନ୍ତର ଅପଗ୍ରେଡ଼ ବୋନସ ପାଇପାରିବା ସହିତ ଚଳିତବର୍ଷ ଅକ୍ଟୋବର ୧୬ ରୁ ଅକ୍ଟୋବର ୨୫ ପର୍ଯ୍ୟନ୍ତ ଗାଲାକ୍ସି ନୋଟ୨୦ ଅଲଟ୍ରା କ୍ରୟରେ ୭୦୦୦ ଟଙ୍କା ମୂଲ୍ୟର ସାମସଙ୍ଗ ଭାଉଚର ପାଇପାରିବେ। ଗ୍ରାହକମାନେ ଏହି ଭଳି ଆହୁରି ଅନେକ ଆକର୍ଷଣୀୟ ଅଫରକୁ ଉପଭୋଗ କରିପାରିବେ। ଏହି ପାର୍ବଣ ଅଫରଗୁଡ଼ିକ ଅଗ୍ରଣୀ ରିଟେଲ ଷ୍ଟୋର ଏବଂ ସାମସଙ୍ଗ ଡ଼ଟ କମରେ କ୍ରୟ ଉପରେ ଉପଲବ୍ଧ।

# ସାନୀ ଇଣ୍ଡିଆ ପକ୍ଷରୁ ମହାମାରୀ ସଙ୍କଟରେ ନୂଆ ଉଦାହରଣ ସୃଷ୍ଟି କରାଯାଇଛି

ଭୁବନେଶ୍ୱର: ନିର୍ମାଣ ଯନ୍ତ୍ରାଂଶ, ହେଭି ଯନ୍ତ୍ରାଂଶ କ୍ଷେତ୍ରରେ ବିଭିନ୍ନ ଉତ୍ପାଦ ଉପଲବ୍ଧ କରାଉଥିବା ସାନୀ ଇଣ୍ଡିଆ ପକ୍ଷରୁ ମହାମାରୀ ସଙ୍କଟ ସମୟରେ ଏକ ନୂଆ ଉଦାହରଣ ସୃଷ୍ଟି କରାଯାଇଛି। କମ୍ପାନୀ ପକ୍ଷରୁ ଏହାର ସମସ୍ତ ୩୫ ଡିଲରଙ୍କୁ ସାମ୍ପ୍ରତିକ ଆହ୍ୱାନମୂଳକ ସମୟରେ ବହୁବିଧ ଆବଶ୍ୟକ ସହାୟତା ଯୋଗାଇ ଦିଆଯାଇଛି। କ୍ରେଡ଼ିଟ୍ ସମୟସୀମାକୁ କମ୍ପାନୀ ପକ୍ଷରୁ ବର୍ଦ୍ଧିତ କରାଯାଇଛି। ଏହି ସୁବିଧା ସମସ୍ତ ନିର୍ମାଣ ଯନ୍ତ୍ରାଂଶ ଏବଂ ସ୍ପେୟାର ପାର୍ଟସ୍ ପାଇଁ ଉପଲବ୍ଧ ହେଉଛି। ସେହିପରି ଗ୍ରାହକଙ୍କ ୱାରେଟିଂ ସମୟକୁ ମଧ ବଢ଼ାଇ ଦିଆଯାଇଛି। କମ୍ପାନୀରେ କାର୍ଯ୍ୟ କରୁଥିବା ୧୧୦୦ରୁ ଅଧିକ କର୍ମଚାରୀଙ୍କୁ ଦରମା ସହାୟତା ମଧ ଯୋଗାଇ ଦିଆଯାଇଛି। ଭାରତ ଏବଂ ଦକ୍ଷିଣ ଏସିଆରେ ଥିବା ଏହାର ପେ ରୋଲ୍ କର୍ମଚାରୀଙ୍କ ପାଇଁ ଏହି ସୁବିଧା ଲାଗୁ ହୋଇଛି। ଡିଲରଙ୍କୁ ଯୋଗାଇ ଦିଆଯାଇଥିବା ସହାୟତା ଯୋଗୁ ୩ ପ୍ରକାର ଲାଭ ମିଳି ପାରିଛି। ଡିଲରମାନେ ସେମାନଙ୍କର ମାନବସମ୍ବଳର ଉପଯୋଗ କରିପାରିଛନ୍ତି। ସେହିପରି ବ୍ୟବସାୟିକ ଧାରାକୁ ବଜାୟ ରଖିବା ସହିତ ବଜାର ଖୋଲିବା ପରେ ପୁଣି ସୁବିଧାରେ କାରବାର ଆରମ୍ଭ କରିପାରିଛନ୍ତି। ଏହି ଯୋଜନାବଦ୍ଧ ରଣନୀତି ଦ୍ୱାରା କମ୍ପାନୀ ୨୦୧୯ ତୁଳନାରେ ଲକ୍‌ଡାଉନ୍ ହଟିବା ପରେ ଗତ ୨ମାସ ଅଗଷ୍ଟ ଏବଂ ସେପ୍ଟେମ୍ବର ମଧ୍ୟରେ ବ୍ୟବସାୟ ବୃଦ୍ଧିରେ ଅଗ୍ରଗତି କରିପାରିଛି। କମ୍ପାନୀର ଏକ୍ସାଭେଟର ମାର୍କେଟ ଶେୟାର ୧୪.୫ ପ୍ରତିଶତରେ ପହଂଚିଛି। ଏହାର ଅଭିବୃଦ୍ଧି ହାର ୧୫ ପ୍ରତିଶତ ରହିଛି। ସେହିପରି କ୍ରାୱଲ କ୍ରେନ୍‌ର ମାର୍କେଟ ଶେୟାର ୪୫ ପ୍ରତିଶତ ଥିବାବେଳେ ଏହାର ଅଭିବୃଦ୍ଧି ହାର ୮୦ ପ୍ରତିଶତ ରହିଛି। ଟ୍ରକ୍ କେନ୍‌ର ମାର୍କେଟ ଶେୟାର ୭୦ ପ୍ରତିଶତ ଥିବାବେଳେ ଏହାର ବୃଦ୍ଧି ହାର ୧୦ ପ୍ରତିଶତ ଛୁଇଁଛି। ପିଲିଂ ରିଙ୍ଗ୍‌ର ମାର୍କେଟଶେୟାର ୭୫ ପ୍ରତିଶତ ଥିବାବେଳେ ଏହାର ବୃଦ୍ଧି ହାର ୨୪ ପ୍ରତିଶତ ରହିଛି। ମୋଟୋର ଗ୍ରେଡ୍‌ର ମାର୍କେଟ ଶେୟାର ୧୧ ପ୍ରତିଶତ ଥିବାବେଳେ ଏହା ଅଭିବୃଦ୍ଧି ହାର ୧୦ ପ୍ରତିଶତ ରହିଛି। ସାନୀ ଇଣ୍ଡିଆ ଡିଲରମାନଙ୍କୁ ସବୁବେଳେ ଏହାର କାରବାର ବୃଦ୍ଧି ପାଇଁ ଗୁରୁତ୍ୱପୂର୍ଣ୍ଣ ଅଙ୍ଗ ଭାବେ ବିବେଚନା କରିଥାଏ। କମ୍ପାନୀର ପଦକ୍ଷେପ ଯୋଗୁ ଡିଲରମାନଙ୍କୁ ଆବଶ୍ୟକ ଆର୍ଥିକ ସହାୟତା ମିଳିପାରିଛି। ଏହି ଅବସରରେ ସାନୀ ଗ୍ରୁପ୍‌ର ଭାରତ ତଥା ଦକ୍ଷିଣ ଏସିଆ ମୁଖ୍ୟ କାର୍ଯ୍ୟନିର୍ବାହୀ ନିର୍ଦ୍ଦେଶକ ଦୀପକ ଗର୍ଗ କହିଲେ, “ ଆମେ ଆର୍ଥିକ ସହାୟତାକୁ ଉପଯୁକ୍ତ ମାର୍ଗରେ ପରିଚାଳିତ କରିପାରିଛୁ। ଏହାଦ୍ୱାରା ଡିଲରମାନେ ବିଶେଷ ଉପକୃତ ହୋଇପାରିଛନ୍ତି। ମହାମାରୀ ସଙ୍କଟ ସମୟରେ ସହାୟତା ଯୋଗୁ ଡିଲରମାନେ ସେମାନଙ୍କ କାରବାରକୁ ବନ୍ଦ ନ କରି ଜାରି ରଖିପାରିଛନ୍ତି। କୋଭିଡ୍ ସଙ୍କଟ ଆମମାନଙ୍କୁ ଅସୁବିଧା ସମୟରେ କିଭଳି ସହାୟତା ଦ୍ୱାରା କାରବାର ବୃଦ୍ଧି କରାଯାଇ ପାରିବ ତାହାର ଏକ ଗୁରୁତ୍ୱପୂର୍ଣ୍ଣ ଶିକ୍ଷା ଦେଇଛି। ମହାମାରୀ ସଙ୍କଟ ସମୟରେ ପୃଥିବୀର ବହୁ କମ୍ପାନୀ ସେମାନଙ୍କର କର୍ମଚାରୀଙ୍କୁ ଛଟେଇ କରିବା ଆରମ୍ଭ କରିଥିଲେ। ଏପରିସ୍ଥଳେ ସାନୀ ଇଣ୍ଡିଆ ପଦୋନ୍ନତି ଏବଂ ଦରମା ବୃଦ୍ଧି କରିଥିଲା। କମ୍ପାନୀର ଏଭଳି ଦୂର ଦୃଷ୍ଟି ସମ୍ପନ୍ନ ଆର୍ଥିକ ନୀତିର ସକାରାତ୍ମକ ପ୍ରଭାବ ଏହାର ଆର୍ ଆଣ୍ଡ୍ ଡି ଉପରେ ଅନୁଭୂତ ହୋଇଛି। ଲକ୍‌ଡାଉନ୍ ସମୟରେ ଗ୍ରାହକ ଏବଂ ଫାଇନାନ୍ସର,ମଲ୍ଟିପୁଲ ଟ୍ରେନିଂ ଏବଂ ଡେଭଲପମେଂଟ୍ କାର୍ଯ୍ୟ ଆଦି ସମ୍ପନ୍ନ ହୋଇପାରିଛି।

# ନିଶାନ୍ ଇଣ୍ଡିଆ ପକ୍ଷରୁ ଅଲ୍-ନ୍ୟୁ ନିଶାନ୍ ମାଗ୍ନାଇଟ୍ ବି-ଏସ୍‌ୟୁଭି ଉନ୍ମୋଚିତ

ଭୁବନେଶ୍ୱର: ‘ମେକ୍ ଇନ୍ ଇଣ୍ଡିଆ, ମେକ୍ ଫର୍ ୱାର୍ଲ୍ଡ’ ଦର୍ଶନ ଉପରେ ନିର୍ମିତ ନିଶାନ ଇଣ୍ଡିଆ ଏହାର ବହୁ ପ୍ରତିକ୍ଷୀତ ବି-ଏସ୍‌ୟୁଭି ଅଲ୍-ନ୍ୟୁ ନିଶାନ୍ ମାଗ୍ନାଇଟ୍‌କୁ ଉନ୍ମୋଚନ କରିଛି। ନିଶାନ୍-ନେସ୍ କନ୍‌ସେପ୍ଟର ଏକ ବାସ୍ତବ ପ୍ରତିଫଳନ ନୂଆ ନିଶାନ୍ ମାଗ୍ନାଇଟ୍‌କୁ ଏକ ଭର୍ଚୁଆଲ ଇଭେଂଟ୍ ଜରିଆରେ ସମଗ୍ର ବିଶ୍ୱର ଦର୍ଶକଙ୍କ ପାଇଁ ଉନ୍ମୋଚିତ କରାଯାଇଥିଲା। ଏସମ୍ପର୍କରେ ନିଶାନ ମୋଟର ଇଣ୍ଡିଆର ଅଧକ୍ଷ, ସିନାନ୍ ଓଜ୍‌କୋକ୍ କହିଛନ୍ତିଯେ, “ଅଲ୍-ନ୍ୟୁ ନିଶାନ୍ ମାଗ୍ନାଇଟ୍ ଆମର ନିଶାନ୍ ନେକ୍ସଟ୍ ରଣନୀତି କ୍ଷେତ୍ରରେ ଏକ ପ୍ରମୁଖ ଭୂମିକା ଗ୍ରହଣ କରୁଛି ଏବଂ ଏକ ଗ୍ରାହକ କୈନ୍ଦ୍ରିକ ସଂସ୍ଥା ଭାବେ ଭାରତୀୟ ବଜାର ପାଇଁ ନିଶାନ୍‌ର ଅବିସ୍ମରଣୀୟ ପ୍ରତିଶ୍ରୁତିର ପ୍ରତିନିଧିତ୍ୱ କରୁଛି। ଏହି କାର୍ ସମୃଦ୍ଧ ଅଭିଜ୍ଞତା ପାଇଁ ଆକର୍ଷଣୀୟ ଉତ୍ପାଦ ଡେଲିଭର କରିବା ଲାଗି ଆମେ କରୁଥିବା ସବୁକିଛିର କେନ୍ଦ୍ରରେ ଗ୍ରାହକଙ୍କୁ ରଖିବା ନେଇ ଆମର ବ୍ରାଣ୍ଡ ଫିଲୋସୋଫିକୁ ଦୋହରାଉଛି।” ଅଲ୍-ନ୍ୟୁ ନିଶାନ ମାଗ୍ନାଇଟ୍ ହେଉଛି ନିରନ୍ତର ଉଦ୍ଭାବନ, ଅତ୍ୟାଧୁନିକ ଟେକ୍ନୋଲୋଜି ଓ ଜାପାନିଜ୍ ଇଞ୍ଜିନିୟରିଙ୍ଗ୍‌ର ନିଶାନର ଗ୍ଲୋବାଲ ଏସ୍‌ୟୁଭି ଡିଏନ୍‌ଏର ଏକ ପ୍ରମାଣ। ଏଥିରେ ନିଶାନ୍ ଇଂଟେଲିଜେଂଟ୍ ମୋବିଲିଟି (ଏନ୍‌ଆଇଏମ୍) ର ଅଂଶ ଭାବେ ନୂତନ ଟେକ୍ନୋଲୋଜି ଏବଂ ଯାନଗୁଡିକୁ କିଭଳି ସମାଜ ସହ ପାରିଚାଳିତ, ଡ୍ରାଇଭେନ୍ ଓ ଇଂଟିଗ୍ରେଟେଡ୍ କରାଯିବ ତାହାକୁ ନେଇ କମ୍ପାନୀର ଆଭିମୁଖ୍ୟ ସାମିଲ ରହିଛି। ଜାପାନରେ ଡିଜାଇନ୍ ହୋଇଥିବା ଓ ଭାରତୀୟ ଗ୍ରାହକଙ୍କ ଆବଶ୍ୟକତା ଓ ଆକାଂକ୍ଷାକୁ ଦୃଷ୍ଟିରେ ରଖି ନିର୍ମିତ ଅଲ୍ ନ୍ୟୁ ନିଶାନ ମାଗ୍ନାଇଟ୍‌ରେ ଏକାଧିକ ଫାର୍ଷ୍ଟ-ଇନ୍-କ୍ଲାସ୍ ଓ ବେଷ୍ଟ-ଇନ୍-ସେଗ୍‌ମେଂଟ୍ ଫିଚର ରହିଛି। ଏହାର ଫାର୍ଷ୍ଟ-ଇନ୍-କ୍ଲାସ୍ ଫ୍ଲେୟାର ଗାର୍‌ନେଟ୍ ରେଡ୍ (ଟିଂଟ୍ କୋଟ୍) କଲର୍ ଗଭୀରତା ଓ ଉନ୍ନତ ଗୁଣବତା ସହ ପ୍ରିମିୟମନେସ୍‌କୁ ପ୍ରତିଫଳନ କରୁଛି। ଏହା ୯ଟି ବଡି କଲର୍‌ଏ ୫ଟି ମୋନୋଟୋନ୍ ଓ ୪ଟି ଡୁଆଲ ଟୋନ୍ କଲର୍‌ରେ ଉପଲବ୍ଧ ହେଉଛି। ଏହି କାର୍‌ରେ ସବୁଠାରୁ ପତଳା ହେଡ୍‌ଲ୍ୟାମ୍ପ, ହାଲୁକା ସେପର-ଷ୍ଟାଇଲ୍ ଟର୍ଣ୍ଣ ଇଣ୍ଡିକେଟର୍, ଏଲ୍- ସେପ୍ ଏଲ୍‌ଇଡି ଡେଟାଇମ୍ ରନିଙ୍ଗ ଲାଇଟ୍‌ସ (ଡିଆର୍‌ଏଲ୍) ଓ ଡୋମିନେଟିଙ୍ଗ୍ ଫ୍ରଂଟ୍ ଗ୍ରିଲ୍ ରହିଛି। ଏଥିରେ ବ୍ୟାପକ ଶୃଙ୍ଖଳାର ଆକ୍‌ସେସରିଜ୍, ଏକ ୱାୟାରଲେସ୍ ଚାର୍ଜର୍, ଏୟାର ପ୍ୟୁରିଫାୟାର, ପଡଲ୍ ଲ୍ୟାମ୍ପ ଓ ଆମ୍ବିଏଂଟ୍ ମୁଡ୍ ଲାଇଟିଙ୍ଗ ଥିବା ଟେକ୍ ପାକ୍ ରହିଛି। ଏହାର ହରାଇଜୋଂଟାଲ ଇନ୍‌ଷ୍ଟ୍ରୁମେଂଟ୍ ପ୍ୟାନେଲ ଷ୍ଟ୍ରକ୍‌ଚର ଡବଲ ଡେକ୍ କନ୍‌ସୋଲ ଏହି କାର୍‌କୁ ଅଧିକ ଚଉଡା କରୁଛି।

# ଇଣ୍ଡିଆନ ଟେରେନ୍ ଏକ ଫେୟାରଟ୍ରେଡ କ୍ୟାପ୍‌ସୁଲ ସହିତ ହାଇ ଷ୍ଟ୍ରିଟ ଫେସନ୍‌ରେ ନିରନ୍ତରତାର ଅଗ୍ରଣୀ ସାଜିଛି

ଭୁବନେଶ୍ୱର : ବିଗତ ବର୍ଷଗୁଡ଼ିକରେ ନିରନ୍ତର ଏବଂ ଦାୟିତ୍ୱ ସଂପନ୍ନ ଗ୍ରାହକମାନେ ବ୍ରାଣ୍ଡଗୁଡ଼ିକୁ ସେମାନଙ୍କ ଯୋଗାଣ ଶୃଙ୍ଖଳାରେ ସ୍ୱଚ୍ଛତା ଓ ନିରନ୍ତରତା ପ୍ରଦର୍ଶନ କରିବା ଲାଗି ଉତ୍ସାହିତ କରୁଛନ୍ତି। ଗ୍ରାହକମାନଙ୍କୁ ଶ୍ରେଷ୍ଠ ଗୁଣାତ୍ମକ ମାନର ଉତ୍ପାଦ ଯୋଗାଇବା ନେଇ ୨୦ ବର୍ଷର ପ୍ରତିବଦ୍ଧତାକୁ ଦୋହରାଇ ଓ ଏକ ସୁଦୃଢ଼ ଜାତୀୟ ବ୍ରାଣ୍ଡ ସୃଷ୍ଟି କରିବା ଲାଗି ଦେଶର ଆହ୍ୱାନ ଅନୁସାରେ ଭାରତର ଅଗ୍ରଣୀ ପୁରୁଷ ପରିଧାନ ଓ ଶିଶୁ ପରିଧାନ ବ୍ରାଣ୍ଡ ଇଣ୍ଡିଆନ ଟିରେନ୍ ପକ୍ଷରୁ ପରିବେଶର ସୁରକ୍ଷା ଓ ଗୁଜରାଟର ଫେୟାରଟ୍ରେଡ ଋଷୀଙ୍କୁ ସଶକ୍ତ କରିବା ଲାଗି ଏକ ସ୍ୱତନ୍ତ୍ର ନିରନ୍ତର ଫେସନ ପୋଷାକ ବର୍ଗ (ସଷ୍ଟେନେବଲ ଫେସନ୍ ଲାଇନ୍) ସୃଷ୍ଟି କରିବା ପାଇଁ ଫେୟାରଟ୍ରେଡ ଇଣ୍ଡିଆ ସହ ହାତ ମିଳାଯାଇଛି। ଫେସନ୍‌ର ସାମାଜିକ ଓ ପରିବେଶ ଉପସ୍ଥିତି ବୃଦ୍ଧି ପାଉଥିବାରୁ ପରିବର୍ତ୍ତନକୁ ଆଗକୁ ବଢ଼ାଇବା ବ୍ରାଣ୍ଡ ଲାଗି ଅଧିକ ଗୁରୁତ୍ୱପୂର୍ଣ୍ଣ ହୋଇପଡ଼ିଛି। ନିରନ୍ତର ଫେସନ୍‌କୁ ମୁଖ୍ୟସ୍ରୋତରେ ପରିଣତ କରିବା ଲାଗି ଇଣ୍ଡିଆନ ଟେରେନ୍ ଏହାର ଭୂମିକାକୁ ସ୍ୱୀକୃତି ଦେଇଛି। ଏହି ଦିଗରେ ପଦକ୍ଷେପ ସ୍ୱରୂପ ଏକ ଫାୟାରଟ୍ରେଡ କ୍ୟାପସୁଲ ଉନ୍ମୋଚନ କରିବା ଲାଗି ଭାରତର ପ୍ରଥମ ହାଇ ଷ୍ଟ୍ରିଟ ବ୍ରାଣ୍ଡ ହେବାକୁ କଂପାନି ପ୍ରତିବଦ୍ଧ। ଇଣ୍ଡିଆନ ଟେରେନ୍‌ର ଫେୟାରଟ୍ରେଡ ଲେବଲ ଥିବା ସମ୍ଭାର/ କ୍ୟାପସୁଲର ଅର୍ଥ ହେଉଛି ସମ୍ଭାର/କ୍ୟାପସୁଲ ତିଆରି କରିଥିବା କ୍ଷେତ ଓ କାରଖାନାଗୁଡ଼ିକରେ ସାମାଜିକ ଓ ପରିବେଶ ନିରନ୍ତରତା ମାନକକୁ ପାଳନ କରାଯାଇଛି। ଏହାର ଅର୍ଥ ହେଉଛି-ଋଷୀମାନେ ଉତ୍ପାଦିତ ସାମଗ୍ରୀ ପାଇଁ ଉଚିତ ମୂଲ୍ୟ ପାଇଛନ୍ତି, କେଣସି ହାନିକାରକ କିଟନାଶକ ବ୍ୟବହାର କରାଯାଇନାହିଁ, ଶିଶୁ ଶ୍ରମିକ ନିଷିଦ୍ଧ କରାଯାଇଛି ଏବଂ ଏହି ପୋଷାକଗୁଡ଼ିକ ତିଆରି ବେଳେ ପରିବେଶକୁ ସୁରକ୍ଷା ଦିଆଯାଇଛି। ଏହି ସହଯୋଗିତା ସଂପର୍କରେ ଶ୍ରୀଯୁକ୍ତ ଚରଥ ନରସିମହନ୍, ପରିଋଳନା ନିର୍ଦ୍ଦେଶକ, ଇଣ୍ଡିଆନ ଟେରେନ୍ ଫେସନସ୍ ଲିମିଟେଡ କହିଛନ୍ତି ଯେ, ଠକ୍ତଙ୍କକ୍ସ୍ୱ;ଯେଉଁ ଫେସନ୍‌ର ଦୁନିଆକୁ ଆମେ ଜାଣିଥିଲୁ ତାହା ଉଦୀୟମାନ ହୋଇଛି ଏବଂ ବର୍ତ୍ତମାନ ତାହା ଅଧିକ ପରିବେଶ ସଚେତନ ହୋଇପଡ଼ିଛି। ଏକ ଅଧିକ ନିରନ୍ତର ଜୀବନଯାପନ ଶୈଳୀକୁ ଗ୍ରହଣ କରିବା ବିଷୟରେ ଗ୍ରାହକମାନଙ୍କ ମଧ୍ୟରେ ଆଲୋଚନା ବଢ଼ିଛି। ଫେୟାରଟ୍ରେଡ ସହିତ ଆମର ସହଯୋଗିତା ଜରିଆରେ ବିଶ୍ୱାସ, ନିରନ୍ତରତା ଏବଂ ଗୁଣାତ୍ମକ ମାନକୁ ନେଇ ବୃଦ୍ଧି ପାଉଥିବା ଆବଶ୍ୟକତାକୁ ପୂରଣ କରିବା ପାଇଁ ନିରନ୍ତରତା ଦିଗରେ ଏହା ହେଉଛି ଅନ୍ୟତମ ପଦକ୍ଷେପ, ତେଣୁ ଭାରତର ପ୍ରଥମ ହାଇ ଷ୍ଟ୍ରିଟ ବ୍ରାଣ୍ଡରେ ପରିଣତ ହୋଇଛୁ ଯାହା ଗୁଜରାଟର ସୁରେନ୍ଦ୍ରନଗର ଜିଲ୍ଲାରୁ ଋଷୀଙ୍କ ଠାରୁ ଫେୟାରଟ୍ରେଡ କଟନ୍ ସଂଗ୍ରହ କରି ସ୍ୱତନ୍ତ୍ର ଉତ୍ପାଦ ବର୍ଗ ତିଆରି କରୁଛି। ସେ ଆହୁରି କହିଛନ୍ତି ଯେ, ଆଗକୁ ଫେୟାରଟ୍ରେଡ କଟନ୍, ରିସାଇକଲଡ କଟନ୍, ରିସାଇକଲଡ ପଲିଷ୍ଟର ଏବଂ ଅର୍ଗାନିକ ଓ ପ୍ରାକୃତିକ ଫାଇବର ଯଥା ବାଉଁଶ, ହେମ୍ପ ଯାହାକୁ ଆସନ୍ତା ତିନି ବର୍ଷ ଭିତରେ ସଚେତନ ଭାବେ ଏବଂ ନିରନ୍ତରତାର ସହ ସଂଗ୍ରହ କରାଯାଇଥିବ ତାହାକୁ ବ୍ୟବହାର କରି ସମଗ୍ର ପୋର୍ଟଫୋଲିଓର ୫୦ ପ୍ରତିଶତରୁ ଅଧିକ ଉତ୍ପାଦ ଉତ୍ପାଦନ କରିବାକୁ ଆମେ ଋହୁଁଛୁ। ଆମେ ସାର୍ଟିଫାଏଡ ଯୋଗାଣକାରୀଙ୍କ ସହ କାର୍ଯ୍ୟ କରିବୁ ଏବଂ ବ୍ୟବହାର ହେଉଥିବା କଂଋମାଲ କେଉଁଠାରେ ମିଳୁଛି ତାହା ଗୁରୁତ୍ୱାରୋପ କରି ଆମର ଲକ୍ଷ୍ୟ ସହିତ ଯୋଗାଣ ଶୃଙ୍ଖଳ ସହଯୋଗୀମାନଙ୍କୁ ଜଡ଼ିତ କରିବା ନିଶ୍ଚିତ କରିବୁ। ଜୈବ ବିଘଟିତ ପ୍ୟାକେଜିଂ ଏବଂ ଉତ୍ପାଦ ବଂଟନ ଜରିଆରେ ଅନ୍ୟାନ୍ୟ ପ୍ରକ୍ରିୟା ପର୍ଯ୍ୟନ୍ତ ମଧ ଆମେ ନିରନ୍ତରତାକୁ ସଂପ୍ରସାରିତ କରିବୁ। ଫେୟାରଟ୍ରେଡ ଇଣ୍ଡିଆ ସହଯୋଗିତାରେ ଇଣ୍ଡିଆନ ଟେରେନ୍‌ର ନୂଆ ସମ୍ଭାର ସବୁଠୁ ଫେସନେବଲ ପୋଷାକ ସହିତ ଦାୟିତ୍ୱବାନ ଷ୍ଟାଇଲର ଭାବ ପ୍ରଦାନ କରୁଛି। ସ୍ୱତନ୍ତ୍ର ଗ୍ରାଫିକ ପ୍ରିଂଟର ବିବିଧତା, ସଲିଡ ଓ ପାଷ୍ଟେଲ ରଙ୍ଗ ମିଶ୍ରଣର ବର୍ଗ ସହିତ ଇଣ୍ଡିଆନ ଟେରେନ୍ ପୋଷାକର ଆରାମ ଏହି ପୋଷାକକୁ ନିଶ୍ଚିତ ଦରକାରରେ ପରିଣତ କରିଛି। ଏହି କ୍ୟାପସୁଲ ସମ୍ଭାର ବର୍ତ୍ତମାନ ପ୍ରଦାନ କରୁଛି ଟି;ର ସମ୍ଭାର ଯେଉଁଥିରେ ପୁରୁଷ ଓ ବାଳକଙ୍କ ପାଇଁ କ୍ରୁ ନେକ୍ ଟି-ସାର୍ଟ ରହିଛି ଏବଂ ଟି-ସାର୍ଟ ବ୍ୟତୀତ ସାର୍ଟ ଏବଂ ଟ୍ରାଉଜର ଆଦକି ନେଇ ଏକ ବୃହତ ସମ୍ଭାର ପର୍ଯ୍ୟନ୍ତ ଏହାକୁ ଆହୁରି ସଂପ୍ରସାରିତ କରାଯିବ। ପୁନଶ୍ଚ, ଗ୍ରାହକମାନେ ଇଣ୍ଡିଆନ ଟେରେନ୍ ଫେୟାରଟ୍ରେଡ ସମ୍ଭାରରୁ ଯେତେ ଅଧିକ ଉତ୍ପାଦ କିଣିବେ ଋଷୀ ସଂଗଠନଗୁଡ଼ିକ ସେତେ ଅଧିକ ପରିମାଣର ଫେୟାରଟ୍ରେଡ ପ୍ରିମିୟମ ପାଇପାରିବେ। ନିରନ୍ତରତା ଆପଣଙ୍କୁ ଭଲ ଅନୁଭୂତି ପ୍ରଦାନ କରିବ। ଅଭିଶେଷ ଜାନି, ସିଇଓ, ଫେୟାରଟ୍ରେଡ ଇଣ୍ଡିଆ କହିଛନ୍ତି ଯେ, ବିଶ୍ୱ ଫେସନ୍ ଶିଳ୍ପ କୋଭିଡ-୧୯ର ପ୍ରଭାବ ଦେଇ ଗତି କରୁଥିବା ବେଳେ ନିରନ୍ତରତାର ପ୍ରସାର ପାଇଁ ଇଣ୍ଡିଆନ ଟେରେନ୍ ବଳିଷ୍ଠ ପଦକ୍ଷେପ ଗ୍ରହଣ କରିଛି। ସେମାନଙ୍କ ଫେୟାରଟ୍ରେଡ ସମ୍ଭାର ଉନ୍ମୋଚନ ସହିତ ଇଣ୍ଡିଆନ ଟେରେନ୍ କେବଳ ଏହି ଗ୍ରହ ଓ ଯୋଗାଣ ଶୃଙ୍ଖଳର ସମ୍ବେଦନଶୀଳ ଗୋଷ୍ଠୀ ପ୍ରତି ଗଭୀର ପ୍ରତିବଦ୍ଧତା ପ୍ରଦର୍ଶନ କରିନାହିଁ ବରଂ ଭାରତୀୟ କପା ଋଷିଙ୍କୁ ସେମାନଙ୍କ ଉତ୍ପାଦ ପାଇଁ ଏକ ବଜାର ପ୍ରଦାନ କରିବା ସହ ସେମାନଙ୍କୁ ଉଚିତ ମୂଲ୍ୟ ପ୍ରଦାନ ପାଇଁ ପ୍ରତିବଦ୍ଧତାକୁ ଦୋହରାଇଛି। ଫେସନ୍ ଶିଳ୍ପରେ ପରିଋଳିତ ହେଉଥିବା ବ୍ରାଣ୍ଡ ଓ ବ୍ୟବସାୟଗୁଡ଼ିକୁ ପ୍ରଦୂଷଣ ଓ ଶୋଷଣ ଚକ୍ରରେ ସେମାନଙ୍କ ଭୂମିକାକୁ ମାନ୍ୟତା ଦେବାକୁ ପଡ଼ିବ କିମ୍ବା ସକାରାତ୍ମକ ପରିବର୍ତ୍ତନ ଓ ସାମାଜିକ ସଶକ୍ତୀକରଣର ବାର୍ତ୍ତାବହ ହେବାକୁ ପଡ଼ିବ। ଇଣ୍ଡିଆନ ଟେରେନ୍ ଭଳି ଏକ ବଡ଼ ବ୍ରାଣ୍ଡ ପକ୍ଷରୁ ଶ୍ରେଷ୍ଠ ନିରନ୍ତରତାର ପ୍ରତିବଦ୍ଧତା ଋଷୀ ଗୋଷ୍ଠୀରେ ଭବିଷ୍ୟତ ବିକାଶ ପ୍ରକଳ୍ପ ଲାଗି ପଥ ପ୍ରଦର୍ଶକ ହେବ ଏବଂ ଏକ ଆଶାର କୀରଣ ଜାଗ୍ରତ କରିବ ଯେ ପରିବେଶ ଓ ସାମାଜିକ ଦାୟିତ୍ୱବାନ ଫେସନ୍ ପ୍ରତି ଗଭୀର ପ୍ରତିବଦ୍ଧତା ପ୍ରଦର୍ଶନ କରି ଏହି ମହାମାରୀରୁ ବାହରିବା ଲାଗି ଫେସନ୍ ଶିଳ୍ପ ନିଷ୍ପତି ନେଇପାରିବ।

# କୋଟାକ ମ୍ୟୁଚୁଆଲ ଫଣ୍ଡ୍ ଶୁଭାରମ୍ଭ କଲା ଡିଜିଟାଲ ପ୍ରଚାର ଅଭିଯାନ

ମୁମ୍ବଇ : “ଲକ୍‌ଡାଉନ ପରବର୍ତ୍ତୀ ସମୟରେ ଆପଣ କ’ଣ କରିବେ ?” ଉପଭୋକ୍ତାଙ୍କର ଏହି ମାନସିକତା ପ୍ରତି ଦୃଷ୍ଟିଦେଇ କୋଟାକ ମହିନ୍ଦ୍ରା ଆସେଟ୍ ମ୍ୟାନେଜମେଣ୍ଠକ୍ଷସ୍ୱ; କମ୍ପାନୀ (କୋଟାକ ମ୍ୟୁଚୁଆଲ ଫଣ୍ଡ୍) ତାହାର ଡିଜିଟାଲ ପ୍ରଚାରର ଅଭିଯାନ ‘ସପ୍‌ନୋ ପେ କୋଇ ଲକ୍‌ଡାଉନ ନହି ହୋତା’(ଶୁଭାରମ୍ଭ ସମ୍ପର୍କରେ ଘୋଷଣା କରିଛି- ଯାହାର ଅର୍ଥ ସ୍ୱପ୍ନରେ କଦାପି ଲକ୍‌ଡାଉନ ହୋଇପାରିବ ନାହିଁ। କୋଟାକ ମହିନ୍ଦ୍ରାର ‘ଲେଟ୍‌ସ ପ୍ଲାନ’ ଶିକ୍ଷାଭିତ୍ତିକ ଅନ୍‌ଲାଇନ ପ୍ଲାଟଫର୍ମ ଜରିଆରେ ପ୍ରଚଳନ କରାଯାଇଥିବା ଏହି ପ୍ରଚାର ଅଭିଯାନଦ ସ୍ୱପ୍ନକୁ ସାକାର କରିବା ପାଇଁ ନିୟମିତ ସଞ୍ଚୟ ଏବଂ ନିବେଶ କରିବାର ଗୁରୁତ୍ୱ ଉପରେ ଆଲୋକପାତ କରୁଛି। ବିଷୟବସ୍ତୁ ଏବଂ ଏକ ସହଜରେ ବୁଝିହେଉଥିବା ହିସାବ ସହାୟତାରେ ଏହି ଅଭିଯାନ ଉପଭୋକ୍ତାଙ୍କୁ ଅନ୍ତରୀଣ ଜଟିଳ ସମୟରେ ଉପଯୁକ୍ତ ମାର୍ଗରେ ଅଗ୍ରସର ହେବା ଏବଂ ସେମାନଙ୍କର ଆର୍ଥିକ ଯାତ୍ରାରେ ସଠିକ ପଥରେ ପରିଚାଳିତ ହୋଇ ସେମାନେ ହାସଲ କରିବାକୁ ଚାହୁଁଥିବା ଆର୍ଥିକ ଲକ୍ଷ୍ୟ ହାସଲରେ ସହାୟତା କରୁଛି। ଚାକିରୀ ଅଥବା ଜୀବିକା ଉପାର୍ଜନ ଉତ୍ସ ହରାଇବା ପରେ, ସାମ୍ପ୍ରତିକ ଦୃଶ୍ୟପଟ୍ଟରେ ଏସଆଇପିକୁ ବନ୍ଦ ରଖିବା ଅଥବା ଜାରି ରଖିବା, ସୀମିତ ବେତନ ମଧ୍ୟରେ କିଭଳି ଖର୍ଚ୍ଚ ଓ ପୁଞ୍ଜିନିବେଶକୁ ପରିଚାଳନା କରିବା ଆଦିକୁ ନେଇ ଜୀବନ ସହିତ କିଭଳି ଆଗକୁ ବଢିବାକୁ ହେବ ସେ ସମ୍ପର୍କିତ ଅନେକ ପ୍ରାସଙ୍ଗିକ ପ୍ରଶ୍ନର ଉତ୍ତର ଏହାର ବିଷୟବସ୍ତୁରେ ରହିଛି। ବିବିଧ ଡିଜିଟାଲ ମାଧ୍ୟମରେ ପ୍ରସାରିତ ହେବାକୁ ଥିବା ଏହି ପ୍ରଚାର ଅଭିଯାନର ଭିଡିଓରେ ଜୀବନର ବିଭିନ୍ନ କ୍ଷେତ୍ରରୁ ଉପଭୋକ୍ତାଙ୍କର ଆଶା ଆକାଙ୍କ୍ଷା ପ୍ରଦର୍ଶିତ ହୋଇଛି ଏବଂ ‘ଲେଟ୍‌ସ ପ୍ଲାନ୍’ କିଭଳି ଜନସାଧାରଣଙ୍କ ସ୍ୱପ୍ନକୁ ସୋପାନ ପରେ ସୋପାନ ସାକାର କରିବାରେ ସହାୟକ ହେଉଛି, ତାହା ବର୍ଣ୍ଣନା କରିଛି କୋଟାକ ମହିନ୍ଦ୍ରା ଆସେଟ ମ୍ୟାନେଜମେଉୟ’ କମ୍ପାନୀ ଲିମିଟେଡର ଡିଜିଟାଲ ବିଜନେଓ ମାର୍କେଟିଂ ମୁଖ୍ୟ କିଞ୍ଜାଲ ଶାହ କହିଛନ୍ତି, “ଆମର ପୁରସ୍କାରପ୍ରାପ୍ତ ପ୍ରଚାର ଅଭିଯାନ ‘ଟକ୍ ଟୁ ମିଷ୍ଟର ଏସଆଇପି’ ପରେ ‘ସପ୍‌ନୋ ପେ କୋଇ ଲକ୍‌ଡାଉନ ନହି ହୋତା’ ଉପଭୋକ୍ତାଙ୍କୁ ନୂତନ ସ୍ୱାଭାବିକ ପରିସ୍ଥିତିରେ ସେମାନଙ୍କର ଭବିଷ୍ୟତ ସମ୍ପର୍କରେ ଯୋଜନା କରିବା ଦିଗରେ ସହାୟତା କରିବାକୁ ଏକ ଅନନ୍ୟ ଶିକ୍ଷାଭିତ୍ତିକ ନିବେଶକ ପ୍ରୟାସ ହୋଇଛି। ଏହି ପ୍ରଚାର ଅଭିଯାନର ମୂଳ ତତ୍ତ୍ୱ ହେଉଛି- ବିଶ୍ୱସ୍ତରରେ ଜୀବନ ଜୀବିକାକୁ ଧୂଳିସାତ୍ କରିଦେଇଥିବା ଭୟାନକ କରୋନାଭୂତାଣୁ ମହାମାରୀ କୋଭିଡ-୧୯ କଦାପି ଆର୍ଥିକ ଯୋଜନା ପ୍ରସ୍ତୁତି ପ୍ରକ୍ରିୟାରେ ସ୍ଥାଣୁତା ନଆଣୁ। ‘ଲେ୍‌ଟସ ପ୍ଲାନ୍’ ସହିତ ଉପଭୋକ୍ତାଙ୍କୁ ଏସଆଇପିର ପ୍ରମାଣିତ ଶକ୍ତି ବଳରେ ସେମାନଙ୍କ ଭବିଷ୍ୟତ ଯୋଜନା ପାଇଁ ଆବଶ୍ୟକ କରୁଥିବା ସାଧନ ଓ ସୂଚନା ପ୍ରଦାନକରି ସେମାନଙ୍କୁ ସଶକ୍ତ କରୁଛି।” ଏହି ପ୍ରଚାର ଅଭିଯାନ ଡିଜିଟାଲ ମାର୍କେଟିଂ ସଂସ୍ଥା ହାଇପର୍ କନେକ୍ଟ ଦ୍ୱାରା ପ୍ରସ୍ତୁତ କରାଯାଇଛି। ହାଇପର୍ କନେକ୍ଟର ସହ ପ୍ରତିଷ୍ଠାତା ତଥା କ୍ରିଏଟିଭ ମୁଖ୍ୟ କିରଣ ଖାଡ୍‌କେ କହିଛନ୍ତି, ‘ସ୍ୱପ୍ନ ସଂପୂର୍ଣ୍ଣ ମାଗଣା, ତାହା ଜଣକୁ କେବଳ ସମ୍ଭାବନା ରହିଥିବାର ବିଶ୍ୱାସ ପ୍ରଦାନ କରେ। ଆମେ ଏହି ମୌଳିକ ତତ୍ତ୍ୱକୁ ବାଛିଲୁ ଏବଂ ତାହାକୁ ଏସଆଇପିର ମୂଳ ବିଷୟ ସହିତ ସଂଯୁକ୍ତ କଲୁ, ଏବଂ ତାହାପରେ ଏହି ପ୍ରଚାର ଅଭିଯାନ ସୃଷ୍ଟିହେଲା। ଭିଡିଓରେ ଏହି ବର୍ଣ୍ଣନାକୁ ପ୍ରତିପାଦନ କରାଯାଇଛି ଏବଂ ଏହାର ବିଷୟବସ୍ତୁ ନୂତନ ତଥା ପୂର୍ବରୁ ରହିଥିବା ନିବେଶକଙ୍କୁ ସହଜ ହିସାବ ଜରିଆରେ ସେମାନଙ୍କ ସ୍ୱପ୍ନକୁ ନେଇ ଅତ୍ୟନ୍ତ ସୂକ୍ଷ୍ମ ଭାବରେ ଯୋଜନା ପ୍ରସ୍ତୁତ କରିବାରେ ସହାୟତା କରୁଛି।”

# ପବ୍ଲିକ ୟୁଟିଲିଟି ସେବାରେ ଘରୋଇ କ୍ଷେତ୍ର ସାମର୍ଥ୍ୟକୁ ଉପଯୋଗ କଲା ଇଣ୍ଡିଆ ପାୱାର

ଭୁବନେଶ୍ୱର: ଏକ ଅଗ୍ରଣୀ ଶକ୍ତି ୟୁଟିଲିଟି ଇଣ୍ଡିଆ ପାୱାର କର୍ପୋରେସନ ଲିମିଟେଡ (ଇଣ୍ଡିଆ ପାୱାର) ପବ୍ଲିକ ୟୁଟିଲିଟି ସେବାରେ ଘରୋଇ କ୍ଷେତ୍ର ସାମର୍ଥ୍ୟକୁ ସୁଲଭ ମୂଲ୍ୟରେ ଉପଯୋଗ କରିବାରେ ଧ୍ୱଜାଧାରୀ ଭାବେ ଉଭା ହୋଇଛି। ୧୯୧୯ରୁ ଉପଭୋକ୍ତାଙ୍କୁ ବିଦ୍ୟୁତ ଯୋଗାଇ ଆସୁଥିବା ରାଷ୍ଟ୍ରାୟତ୍ତ ଦିଶେରଗଡ ପାୱାର ସପ୍ଲାଇ କମ୍ପାନୀ (ଡିପିଏସ୍‌ସି)କୁ ଅଧିଗ୍ରହଣ କରିବା ଦ୍ୱାରା କମ୍ପାନୀ ତାହାର ସେବା ଯୋଗାଣରେ ସରକାରୀ ଏବଂ ଘରୋଇ କ୍ଷେତ୍ରର ସର୍ବୋତ୍ତମକୁ ସମ୍ମିଶ୍ରଣ କରିଛି। ଏହି ଅଧିଗ୍ରହଣ ଏକ ଆଧୁନିକ ୟୁଟିଲିଟି ସୃଷ୍ଟି କରିଛି ଯାହା ଗ୍ରାହକଙ୍କୁ ସେମାନେ ଦେଉଥିବା ମୂଲ୍ୟର ଉପଯୁକ୍ତ ସେବା ଦେବା ବ୍ୟବସ୍ଥାରେ ଉନ୍ନତି ଆଣିବା ନିମନ୍ତେ ଅଗ୍ରଣୀ ପ୍ରଯୁକ୍ତିକୁ ବ୍ୟବହାର କରୁଛି ଏବଂ ସମାଜ ପ୍ରତି ନିଜର ଦୃଢ ପ୍ରତିଶ୍ରୁତିବଦ୍ଧତା ରଖୁଛି। ଇଣ୍ଡିଆ ପାୱାର ଡିପିଏସ୍‌ସିର ଠିକାରେ ଥିବା କର୍ମଚାରୀଙ୍କ ସମେତ ପ୍ରାୟ ୨୦୦୦ କର୍ମଚାରୀଙ୍କୁ ସଶକ୍ତ କରିଛି ଏବଂ ସେମାନଙ୍କୁ ନିଜର ପୂର୍ବରୁ ରହିଥିବା ଲୋକଶକ୍ତି ସହିତ ସମନ୍ୱିତ କରିଛି। ଏହା ଏକ ଅନନ୍ୟ ସାଂସ୍କୃତିକ ସଂପ୍ରୀତି ସୃଷ୍ଟି କରିପାରିଛି ଯାହା କମ୍ପାନୀ ଭିତରେ ନୂତନ ଉଦ୍ଭାବନ ଏବଂ ସୃଜନଶୀଳତା ସଂସ୍କୃତିକୁ ପ୍ରୋତ୍ସାହିତ କରୁଛି। ଇଣ୍ଡିଆ ପାୱାର ତାହାର ଘରୋଇ, ବାଣିଜ୍ୟିକ ଏବଂ ଶିଳ୍ପ ଉପଭୋକ୍ତାଙ୍କୁ ଉନ୍ନତତର ସେବା ସୁଲଭ ମୂଲ୍ୟରେ ଯୋଗାଇବା ସକାଶେ ନେଟୱର୍କ ଓ ଆବଠକ୍ଷସ୍ୱ;ନ ଭିତ୍ତିଭୂମିକୁ ଉନ୍ନତ କରିବାକୁ ୫୦୦ କୋଟି ଟଙ୍କାରୁ ଅଧିକ ନିବେଶ କରିଛି। ନୂତନ ଭୌଗୋଳିକ ଅଞ୍ଚଳରେ ନିଜର କାର୍ଯ୍ୟକ୍ରମକୁ ସମ୍ପ୍ରସାରିତ କରିବା ପାଇଁ ସାନି ପୁଞ୍ଜିନିବେଶ କରିବାକୁ କମ୍ପାନୀ ପ୍ରତିଶ୍ରୁତିବଦ୍ଧ ଏବଂ ଉପଭୋକ୍ତା ଯେଭଳି ଭୋଲ୍‌ଟେଜରେ ହ୍ରାସବୃଦ୍ଧି, ଶକ୍ତି ବିଭ୍ରାଟ, ଶକ୍ତି ଯୋଗାଣରେ ବିଫଳତା ଏବଂ ଲୋଡ ସେଡିଂ ଆଦି କାରଣରୁ ପ୍ରଭାବିତ ନୁହଅନ୍ତି ତାହା ନିଶ୍ଚିତ କରିବାକୁ ବହୁ ରାଜ୍ୟ ସରକାରଙ୍କ ସହିତ ନିବିଡ ଭାବରେ ମିଶି କାର୍ଯ୍ୟ କରୁଛି। ମଧ୍ୟପ୍ରଦେଶ ସରକାର ଇଣ୍ଡିଆ ପାୱାରର ସହଯୋଗୀ କମ୍ପାନୀ ଏମ୍‌ପି ସ୍ମାର୍ଟଗ୍ରୀଡ ପ୍ରାଇଭେଟ ଲିମିଟେଡକୁ ନିକଟରେ ଏକ ପ୍ରଥମ ଧରଣର ପ୍ରକଳ୍ପ ପ୍ରଦାନ କରିଛନ୍ତି। କମ୍ପାନୀ ଉଜ୍ଜୟିନ, ରତ୍‌ଲାମ, ଦେୱାସ, ଖାରଗୋନ୍ ଏବଂ ମାଉ ଆଦି ସ୍ଥାନରେ ୩୫୦,୦୦୦ ସ୍ମାର୍ଟ ମିଟର ସ୍ଥାପନ କାର୍ଯ୍ୟ ଆରମ୍ଭ କରିଛି। ଉପଭୋକ୍ତାଙ୍କ ଘରେ ସ୍ମାର୍ଟ ମିଟର ସ୍ଥାପନ ସହିତ ଏହି ପ୍ରକଳ୍ପରେ ଏକ ପାୱାର ନେଟୱର୍କ ପାଇଁ ଭିତ୍ତିଭୂମି ସ୍ଥାପନ ଏବଂ ପାଞ୍ଚବର୍ଷ ପର୍ଯ୍ୟନ୍ତ ତାହାର ପରିଚାଳନା ଓ ରକ୍ଷଣାବେକ୍ଷଣ (ଓ ଆଣ୍ଡ ଏମ୍) ମଧ୍ୟ ଅନ୍ତର୍ଭୁକ୍ତ। ସରକାରୀ ଓ ଘରୋଇ କ୍ଷେତ୍ରର ସମ୍ମିଳିତ ସାମର୍ଥ୍ୟକୁ ସାକାର ରୂପ ଦେବାନେଇ କମ୍ପାନୀର ସାମର୍ଥ୍ୟ ସମ୍ପର୍କରେ ପ୍ରକାଶକରି ଇଣ୍ଡିଆ ପାୱାରର ପରିଚାଳନା ନିର୍ଦ୍ଦେଶକ ଶ୍ରୀ ରାଘବ ରାଜ କନୋରିଆ କହିଛନ୍ତି, “ଇଣ୍ଡିଆ ପାୱାରରେ ଆମେ ଦୁଇଟି କ୍ଷେତ୍ରର ସର୍ବୋତ୍ତମକୁ ସମ୍ମିଶ୍ରଣ କରିବାରେ ସମର୍ଥ ହୋଇଛୁ। ଉପଭୋକ୍ତା ସନ୍ତୁଷ୍ଟିକୁ ଆଗେଇନେବାରେ ଘରୋଇ କ୍ଷେତ୍ରର ଉଲ୍ଲେଖନୀୟ ସାମର୍ଥ୍ୟ ହେଉ କିମ୍ବା କର୍ମଚାରୀ କଲ୍ୟାଣ ନିମନ୍ତେ ସରକାରୀ କାର୍ଯ୍ୟ ସଂସ୍କୃତି- ଇଣ୍ଡିଆ ପାୱାର ସବୁ କ୍ଷେତ୍ରରେ ସଫଳ ହୋଇଛି। ଆମେ ଡିପିଏସ୍‌ସିର ସମସ୍ତ କର୍ମଚାରୀଙ୍କୁ ବଜାୟ ରଖିଛୁ, ସେମାନଙ୍କୁ ପୁନଃ ତାଲିମ ପ୍ରଦାନ ସହିତ ସଶକ୍ତ କରିଛୁ, ଆଡଭାନ୍‌ସଡ ମିଟରିଂ ଇନଫ୍ରାଷ୍ଟ୍ରକଚର (ଏଏମ୍‌ଆଇ), ଏସ୍‌ସିଏଡିଏ ଏବଂ ଇଠକ୍ଷସ୍ୱ;ରନେଟ ଅଫ୍ ଥିଙ୍ଗ୍‌ସ (ଆଇଓଟି) ଭଳି ଆଧୁନିକ ପ୍ରଯୁକ୍ତିକୌଶଳରେ ପୁଞ୍ଜିନିବେଶ କରିବା ସହିତ ଆମର ସମସ୍ତ ଅଂଶୀଦାରଙ୍କ ପାଇଁ ଏକ ଲାଭଜନକ ପରିବେଶ ସୃଷ୍ଟି କରିଛୁ।” ଇଣ୍ଡିଆ ପାୱାର୍‌ର ପୂର୍ଣ୍ଣକାଳୀନ ନିର୍ଦ୍ଦେଶକ ତଥା ଶକ୍ତି ଶିଳ୍ପର ଜଣେ ପ୍ରବୀଣ ବ୍ୟକ୍ତି ଶ୍ରୀ ସୋମେଶ ଦାସଗୁପ୍ତା କହିଛନ୍ତି, “ଡିପିଏସ୍‌ସି ଏହାର ଲାଇସେନ୍ସ ଅଧୀନ ଅଞ୍ଚଳରେ ଥିବା ଗୁରୁତ୍ୱପୂର୍ଣ୍ଣ ଖଣି କ୍ଷେତ୍ରଗୁଡ଼ିକୁ ଏକାଗ୍ରତା, ଉତ୍ସର୍ଗୀକୃତ ଭାବ ଏବଂ ଶୃଙ୍ଖଳିତ ଭାବେ ଶକ୍ତି ଯୋଗାଇ ଦେଉଛି। ଅଧିଗ୍ରହଣ ପରବର୍ତ୍ତୀ ସମୟରେ ଇଣ୍ଡିଆ ପାୱାର ସୁଲଭତା ସହିତ ମାନକୁ ସଂଯୁକ୍ତ କରିଛି ଏବଂ ଉପଭୋକ୍ତାଙ୍କ ପାଇଁ ସେମାନଙ୍କ ଅର୍ଥର ଉପଯୁକ୍ତ ମୂଲ୍ୟ ପ୍ରଦାନ ସ୍ଥିତିରେ ପୁନଃ ଉନ୍ନତି ଆଣିଛି। ସରକାରୀ କ୍ଷେତ୍ର ସେବା ଯୋଗାଣରେ ଘରୋଇ କ୍ଷେତ୍ରର ଅଭିଜ୍ଞତାକୁ ସମ୍ମିଶ୍ରିତ କରିବାରେ କମ୍ପାନୀ ଏକ ମାନଦଣ୍ଡ ସ୍ଥାପନ କରିଛି ଏବଂ ସମଗ୍ର ଭାରତରେ ରାଜ୍ୟ ସରକାରମାନଙ୍କ ଦ୍ୱାରା ଏକ ପସନ୍ଦଯୋଗ୍ୟ ସହଭାଗି ଭାବରେ ବିବେଚିତ ହେଉଛି।




# ବିପର୍ଯ୍ୟସ୍ତ ଆଇନ୍‌ଶୃଙ୍ଖଳା ପରିସ୍ଥିତି ବିରୁଦ୍ଧରେ କଂଗ୍ରେସର ଧାରଣା ଓ ବିକ୍ଷୋଭ

ରାଉରକେଲା (ପିଏନ୍): ସ୍ଥାନୀୟ ଗୋପବନ୍ଧୁପାଲ୍ଲୀ ଅଞ୍ଚଳରେ ଅସାମାଜିକଙ୍କ କାର୍ଯ୍ୟକଳାପ ବୃଦ୍ଧି ପାଇବା ସହିତ ଆଇନ୍ ଶୃଙ୍ଖଳା ପରିସ୍ଥିତି ବିପର୍ଯ୍ୟସ୍ତ ହୋଇପଡିଛି । ଅବୈଧ ମଦ, ଗଞ୍ଜେ, ସଟ୍ଟା, ଜୁଆ ଓ ଡ୍ରଗ୍ସ କାରବାର ଇତ୍ୟାଦି ଅବାଧରେ ଚାଲୁଥିବା ବେଳେ ଚୋରି ବୃଦ୍ଧି ପାଇବାରେ ଲାଗିଛି । ଗୋପବନ୍ଧୁପାଲ୍ଲୀରେ ଅବସ୍ଥିତ ପୋଲିସ୍ ଫାଣ୍ଡି ଅଧିକାରୀ ଏସବୁର ନୀରବ ଦର୍ଶକ ସାଜିଛନ୍ତି । ଅପରପକ୍ଷରେ ପାରସ୍ପରିକ ଗଣ୍ଡଗୋଳ, ଝଗଡାଝାଟି ମାମଲାରେ ଫାଣ୍ଡି ଅଧିକାରୀ ପକ୍ଷପାତ କରିବା ସହିତ ମନ୍ଦ ଉଦ୍ଦେଶ୍ୟ ରଖି ଲୋକଙ୍କୁ ହଇରାଣ ହରକତ କରୁଛନ୍ତି । ଫଳରେ ସମ୍ପୃକ୍ତ ଅଞ୍ଚଳରେ ଅଶାନ୍ତି ବୃଦ୍ଧି ପାଇବା ସହିତ ପୋଲିସ୍ ପ୍ରତି ସାଧାରଣ ଲୋକଙ୍କର ଅନାସ୍ଥା ଭାବ ସୃଷ୍ଟି ହୋଇଛି । ତେଣୁ ଏହାର ପ୍ରତିବାଦରେ ଆଜି ଜିଲ୍ଲା କଂଗ୍ରେସ ତରଫରୁ ଗୋପବନ୍ଧୁପାଲ୍ଲୀ ସ୍ଥିତ ଗୋପବନ୍ଧୁଙ୍କ ପ୍ରତିମୂର୍ତ୍ତି ସମ୍ମୁଖରେ ଗଣଧାରଣା ଦିଆଯାଇ ସଂଲଗ୍ନ ପୋଲିସ୍ ଫାଣ୍ଡି ସମ୍ମୁଖରେ ବିକ୍ଷୋଭ ପ୍ରଦର୍ଶନ କରାଯାଇଛି । ଜିଲ୍ଲା କଂଗ୍ରେସ ସଭାପତି ଜର୍ଜ ତିର୍କୀଙ୍କ ନେତୃତ୍ୱରେ ଅନୁଷ୍ଠିତ ଏହି ବିକ୍ଷୋଭ ସଭାକୁ ଉପସଭାପତି ଦେବବ୍ରତ ବିହାରୀ ସଞ୍ଚାଳନ କରିଥିବା ବେଳେ ରାଉରକେଲା ବିଧାନସଭା କ୍ଷେତ୍ରର ପ୍ରାକ୍ତନ କଂଗ୍ରେସ ପ୍ରାର୍ଥୀ ବିରେନ ସେନାପତି, ପିସିସି ସମ୍ପାଦକ ସବୀର ହୁସେନ, ପିସିସି ସଭ୍ୟ ରାମାନନ୍ଦ ଶ୍ରୀଚନ୍ଦନ, ମହିଳା ସଭାନେତ୍ରୀ ନିରୂପମା ବଳିୟାରସିଂହ, ପିସିସି ସମ୍ପାଦିକା ପ୍ରତିମା ପାଣିଗ୍ରାହୀ, କାର୍ଯ୍ୟନିର୍ବାହୀ ସଦସ୍ୟ ଭାସ୍କର ଖିଲ୍ଲାର, ଦିଲ୍ଲୀପ ଜେନା, ପ୍ରଦ୍ୟୁମ୍ନ ଷଡଙ୍ଗୀ, ଯୁବନେତା ଶେଖ ସମୀର ପ୍ରମୁଖ ବକ୍ତବ୍ୟ ରଖି ଗୋପବନ୍ଧୁପାଲ୍ଲୀ ଅଞ୍ଚଳରେ ଚାଲିଥିବା ସମସ୍ତ ଅବୈଧ କାରବାରକୁ ଫାଣ୍ଡି ଅଧିକାରୀ ପ୍ରୋତ୍ସାହନ ଦେଉଛନ୍ତି ବୋଲି ଅଭିଯୋଗ କରିଥିଲେ । ଏ ପ୍ରକାର ଜନବିରୋଧି କାର୍ଯ୍ୟରୁ ଫାଣ୍ଡି ଅଧିକାରୀ ନିବୃତ୍ତ ରହିବା ସହିତ ପୋଲିସ୍‌ର ଉଚ୍ଚ କର୍ତ୍ତୃପକ୍ଷ ତାଙ୍କ ବିରୁଦ୍ଧରେ ତୁରନ୍ତ କାର୍ଯ୍ୟାନୁଷ୍ଠାନ ପାଇଁ ଦାବି କରିଥିଲେ । ଫାଣ୍ଡି ଅଧିକାରୀଙ୍କ ଏପରି କାର୍ଯ୍ୟ ଦ୍ୱାରା ଜିଲ୍ଲା ପୋଲିସ୍ ବଦନାମ ହେଉଛି ବୋଲି କଂଗ୍ରେସ ନେତୃବୃନ୍ଦ ଅଭିଯୋଗ କରି ସମ୍ପୃକ୍ତ ଅଧିକାରୀଙ୍କ ସମସ୍ତ କାର୍ଯ୍ୟକଳାପର ଏକ ଉଚ୍ଚସ୍ତରୀୟ ତଦନ୍ତ କରିବାକୁ ପୋଲିସ୍ ଉଚ୍ଚ କର୍ତ୍ତୃପକ୍ଷଙ୍କ ନିକଟରେ ବକ୍ତାମାନେ ଦାବି କରିଥିଲେ । ଏହି ଅବସରରେ ସଭାପତି ଶ୍ରୀ ତିର୍କୀ ବକ୍ତବ୍ୟ ରଖି ଜିଲ୍ଲା ପୋଲିସ୍ ଅଧୀକ୍ଷକ, ନୂତନ ଭାବେ ଦାୟିତ୍ୱ ଗ୍ରହଣ କରିଥିବା ଥାନା ଅଧିକାରୀ ଭଲ କାମ କରୁଥିବା ବେଳେ ଗୋପବନ୍ଧୁପାଲ୍ଲୀ ଫାଣ୍ଡି ଅଧିକାରୀ କୁକାର୍ଯ୍ୟରେ ଲିପ୍ତରହି ସେମାନଙ୍କ ସୁନାମକୁ ଖରାପ କରୁଛନ୍ତି ବୋଲି କହିଥିଲେ । ତେଣୁ ଆସନ୍ତା ୭ ଦିନ ମଧ୍ୟରେ ଏପରି ଜଣେ ଭ୍ରଷ୍ଟ ଅଧିକାରୀଙ୍କୁ ଉକ୍ତ ପୋଲିସ୍ ଫାଣ୍ଡିରୁ ଅପସାରଣ କରିବା ପାଇଁ ଶ୍ରୀ ତିର୍କୀ ଦାବି କରି ଅନ୍ୟଥା ଆନ୍ଦୋଳନକୁ ବ୍ୟାପକ କରାଯିବ ବୋଲି ଚେତାବନୀ ଦେଇଥିଲେ । ଏହି କାର୍ଯ୍ୟକ୍ରମରେ ଅନ୍ୟମାନଙ୍କ ମଧ୍ୟରେ ଉପସଭାପତି ଉମେଶ ଶରଣ, କୀର୍ତ୍ତନ ଦାସ, ଇନ୍‌ଟକ ଅଧ୍ୟକ୍ଷ ନିହାର ଦାସ, ସାଧାରଣ ସମ୍ପାଦକ ତୁଳସୀ ନାଗ, ସମ୍ପାଦକ ଅମ୍ରିତ କୌର, ସରିତା ଟପ୍ପୋ, ସାମାଜିକ ଗଣମାଧ୍ୟମର ସୁଧୀର ନାଥ, ରୁକସାନା ବେଗମ, ଝୁନୁ ପଟ୍ଟନାୟକ, ବିଜୟ ପଟ୍ଟନାୟକ, ରେହେମାନ ଖାନ, ସୋନୁ ସାହୁ, ସାକିର ହୁସେନ, ଶ୍ୟାମ ସୁନ୍ଦର ସାମନ୍ତ, କ୍ରିଷ୍ଣା ମୂର୍ତ୍ତି, ବିକି ରଜାକ, ପପୁ ଖାନ, ବିବେକ ସାହୁ, ନିର୍ମଳା ମହାପାତ୍ର, ରାଜୁ ପ୍ରସାଦ, ମୁ ପ୍ରସାଦ, ଡେଭିଡ ପ୍ରଧାନ ପ୍ରମୁଖଙ୍କ ସମେତ ଶତାଧିକ ଦଳୀୟ କର୍ମୀ, ସମ୍ପୃକ୍ତ ଅଞ୍ଚଳର ବାସିନ୍ଦା ଏହି କାର୍ଯ୍ୟକ୍ରମରେ ଅଂଶଗ୍ରହଣ କରିଥିଲେ ବୋଲି ଜିଲ୍ଲା ମୁଖପାତ୍ର କୈଳାସ ସାହୁ ଏକ ପ୍ରେସ୍ ବିବୃତିରେ ଜଣାଇଛନ୍ତି ।

# ଚମ୍ପୁଆ ବିଧାୟିକାଙ୍କ ଦ୍ୱାରା ଲୋକାର୍ପିତ ହେଲା ଡିସ୍‌ପେନ୍‌ସେରି



ଯୋଡା (ପିଏନ୍)-କେନ୍ଦୁଝର ଜିଲ୍ଲାର ଦେଓଝର ପଞ୍ଚାୟତର ବାସିନ୍ଦାଙ୍କୁ ଉନ୍ନତ ସ୍ୱାସ୍ଥ୍ୟ ସେବା ପ୍ରଦାନ କରିବା ଲକ୍ଷ୍ୟ ନେଇ ଟାଟା ଷ୍ଟିଲ୍‌ର ସିଏସ୍‌ଆର୍ ଶାଖା ଟାଟା ଷ୍ଟିଲ ଫାଉଣ୍ଡେସନ୍ ପକ୍ଷରୁ ପଞ୍ଚାୟତ ବାସିନ୍ଦାଙ୍କ ପାଇଁ ଏକ ଡିସ୍‌ପେନ୍‌ସେରିକୁ ଉତ୍ସର୍ଗ କରାଯାଇଛି । ଏହି କାର୍ଯ୍ୟକ୍ରମରେ ଚମ୍ପୁଆ ବିଧାୟିକା ମୀନାକ୍ଷୀ ମହାନ୍ତ ଯୋଗଦେଇ ଆନୁଷ୍ଠାନିକ ଭାବେ ଏହାର ଶୁଭ ଉଦ୍‌ଘାଟନ କରିଥିଲେ । ଏହି କାର୍ଯ୍ୟକ୍ରମରେ ଟାଟା ଷ୍ଟିଲ୍‌ର ମହାପ୍ରବନ୍ଧକ (ଓଏମ୍‌କ୍ୟୁ) ଶ୍ରୀଯୁକ୍ତ ଅତୁଲ ଭଟ୍ଟନାଗର, ଯୋଡ଼ାରେ ଥିବା ଟାଟା ଷ୍ଟିଲ୍ ହସ୍ପିଟାଲ୍‌ର ଚିଫ୍ ମେଡିକାଲ୍ ଅଫିସର ଡକ୍ଟର ସୁଚିସ୍ମିତା ଦାସ ଓ ଟାଟା ଷ୍ଟିଲ୍‌ର ମୁଖ୍ୟ ସିଏସ୍‌ଆର୍ (ଓଏମ୍‌କ୍ୟୁ ଡିଭିଜନ୍) ଶ୍ରୀଯୁକ୍ତ ଅନିଲ ଓରାଓଁ,ଦେଓଝର ସରପଂଚ ଶ୍ରୀଯୁକ୍ତ ମଙ୍ଗଳ ମୁଣ୍ଡା, ସମିତି ସଦସ୍ୟ ଶ୍ରୀଯୁକ୍ତ ଯୁଧୀଷ୍ଠିର ପଲେଇ ଉପସ୍ଥିତ ଥିଲେ । ୨,୨୦୦ ବର୍ଗଫୁଟରୁ ଅଧିକ ସ୍ଥାନରେ ନିର୍ମାଣ କରାଯାଇଥିବା ଏହି ଡିସ୍‌ପେନ୍‌ସେରି ଦେଓଝର ପଞ୍ଚାୟତ ଅଧୀନରେ ଥିବା ସାତଟି ଗ୍ରାମ ଯଥା ଦେଓଝର, ମହାଦେବନାସ, କୁଲ୍‌ଦୁମ୍, ଠାକୁରାଣୀ, ସିୟାଳିଯୋଡ଼ା, ଗୋବର୍ଦ୍ଧନପୁର ଓ କିଟାବେଡାରେ ବାସ କରୁଥିବା ପ୍ରାୟ ୬୦୦୦ ବାସିନ୍ଦାଙ୍କୁ ସ୍ୱାସ୍ଥ୍ୟ ସେବା ସୁବିଧା ପ୍ରଦାନ କରିବ । ଡାକ୍ତରୀ ପରାମର୍ଶ ବ୍ୟତୀତ ଏହି ଡିସ୍‌ପେନ୍‌ସେରିରେ ରୋଗୀମାନଙ୍କୁ ମାଗଣାରେ ଔଷଧ ମଧ୍ୟ ପ୍ରଦାନ କରାଯିବ । ଏହି ଅବସରରେ ପୂର୍ବତନ ଜିଲ୍ଲା ପରିଷଦ ସଦସ୍ୟ ଶ୍ରୀଯୁକ୍ତ ବୀର ନାଏକ, ଅବକାରୀ ବିଭାଗର ଅବସରପ୍ରାପ୍ତ ଡେପୁଟି କମିସନର୍ ଶ୍ରୀଯୁକ୍ତ ବେଣୁ ମାଧବ ନାଏକ, ଅଣଶେଇକଳା ଗ୍ରାମ ପଞ୍ଚାୟତର ସରପଞ୍ଚ ଶ୍ରୀଯୁକ୍ତ ଦିଲ୍ଲୀପ କୁମାର ନାଏକ, ସାମାଜିକ କର୍ମୀ ଶ୍ରୀଯୁକ୍ତ ତ୍ରିଲୋଚନ ପଲେଇ ଓ ସମାଜର ଅନ୍ୟ ବରିଷ୍ଠ ସଦସ୍ୟମାନେ ଉପସ୍ଥିତ ଥିଲେ ।

# କେନ୍ଦ୍ରୀୟ ଅନୁଷ୍ଠାନ ଏସ୍‌ଭିନିରତାରରେ ତଦନ୍ତ ନାଲିଫିତା ତଳେ

ଫୁଲନଖରା (ପିଏନ୍): କେନ୍ଦ୍ର ସାମାଜିକ ନ୍ୟାୟ ଓ ସଶକ୍ତିକରଣ ମନ୍ତ୍ରାଳୟ ଅଧିନରେ ପରିଚାଳିତ କଟକ ଜିଲ୍ଲା ଓଲଟପୁର ଠାରେ ଥିବା ସ୍ୱାମୀ ବିବେକାନନ୍ଦ ଜାତିୟ ପୁନଃବାସ ପ୍ରଶିକ୍ଷଣ ଓ ଅଇଥାନ ସଂସ୍ଥା (ଏସ୍‌ଭିନିରତାର)ରେ ଜନୈକ ଅଧିକାରୀଙ୍କ ଶିକ୍ଷାଗତ ଯୋଗ୍ୟତା ଓ ପଦୋନ୍ନତିକୁ ନେଇ ଏକ ବଡଧରଣର ଜାଲିଆତି ହୋଇଥିବା ଅଭିଯୋଗ ହୋଇଛି । ଘଟଣାକୁ ନେଇ ସାମାଜିକ କର୍ମୀ ସଂଜୟ କୁମାର ରାଉତରାୟ ସଂପୃକ୍ତ ଫିଜୋଥେରାପି ବିଭାଗ ଅଧିକାରୀଙ୍କ ଚାକିରୀ ଓ ପଦୋନ୍ନତି ସହ ଶିକ୍ଷାଗତ ଯୋଗ୍ୟତା ସଂପର୍କରେ ଜାଣିବା ପାଇଁ ସୂଚନା ଆଧିକାର ଆଇନୀ ବଳରେ ଏସ୍‌ଭିନିରତାର କାର୍ଯ୍ୟାଳୟ ସୂଚନା ଅଧିକାରୀଙ୍କୁ ତଥ୍ୟ ମାଗିଥିଲେ । ଅଭିଯୋଗ ଅନୁଯାୟୀ ଅଧିକାରୀ ଜଣଙ୍କ ସର୍ଭିସ ଗାଇଡଲାଇନକୁ ଉଲ୍ଲଘଂନ କରି ଚାକିରି ସମୟରେ ସଂପୂର୍ଣ୍ଣ ଦରମା ପାଇ ମଧ ଚାକିରି ଓ ଉଚ୍ଚଶିକ୍ଷା ଏକା ସମୟରେ କରିଥିବା ତଥ୍ୟରୁ ସ୍ପଷ୍ଟ ହୋଇଥିଲା । ଖାଲି ସେତିକି ନୁହେଁ ବାରମ୍ବାର ପାଇଥିବା ପଦୋନ୍ନତିରେ ମଧ ଜାଲିଆତି ହୋଇଛି । ଏ ସଂପର୍କରେ ଜାଣାପଡିବା ପରେ ସାମାଜିକକର୍ମୀ ଶ୍ରୀ ରାଉତରାୟ ୨୭.୨.୨୦୨୦ରେ ବିଭାଗୀୟ ମନ୍ତ୍ରୀ, ସଚିବ, ଯୁଗ୍ମ ସଚିବଙ୍କ ଦିଲ୍ଲୀ କାର୍ଯ୍ୟାଳୟ ଓ ପ୍ରଧାନମନ୍ତ୍ରୀଙ୍କ କାର୍ଯ୍ୟାଳୟକୁ ଚିଠି ଲେଖି ଜଣାଇଥିଲେ, ଯେଉଁଥିରେ କେନ୍ଦ୍ର ଗୃହ ବିଭାଗ ଚିଠି ସଂଖ୍ୟା ୧୮୩୩୧୧୬/୨୦୨୦/ସିଆଇସି-ସି (II) ଓ କେନ୍ଦ୍ର ସାମାଜିକ ନ୍ୟାୟ ଓ ଶଶକ୍ତି କରଣ ମନ୍ତ୍ରାଳୟ ଚିଠି ସଂଖ୍ୟା ୭-୧/୨୦୨୦/ଏଫସିପିଜି/୪୩୦ରେ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରି ଗୃହ ମନ୍ତ୍ରାଳୟକୁ ଜଣାଇବା ସହ ଅଭିଯୋଗକାରୀଙ୍କୁ ଜଣାଇବାକୁ ସ୍ପଷ୍ଟ ନିର୍ଦ୍ଦେଶ ରହିଥିଲା । ମାତ୍ର ଘଟଣାର ଏକ ବର୍ଷରୁ ଅଧିକ ସମୟ ବିତିଯାଇଥିଲେ ମଧ କୌଣସି କାର୍ଯ୍ୟାନୁଷ୍ଠାନ ନହେବା ସମସ୍ତଙ୍କୁ ଆଶ୍ଚର୍ଯ୍ୟ କରିଛି । ଅଭିଯୋଗ ଦିଲ୍ଲୀ ମନ୍ତ୍ରାଳୟ ସମେତ ପ୍ରଧାନମନ୍ତ୍ରୀଙ୍କୁ ହୋଇଥିଲେ ବି କମିଟି ଗଠନ କରି ତଦନ୍ତକୁ ବର୍ଷେରୁ ଉର୍ଦ୍ଧ୍ୱ ସମୟ ନାଲିଫିତା ତଳେ ଚାପିଦେଇଛନ୍ତି ଉଚ୍ଚ କର୍ତ୍ତୃପକ୍ଷ । ଯାହାକୁ ନେଇ ବୁଦ୍ଧିଜୀବୀ ମହଲରେ ଅସନ୍ତୋଷ ଦେଖାଦେଇଛି । ଜାଲିଆତିରେ ଛନ୍ଦି ହୋଇଥିବା ଏପରି ଜଣେ ଅଧିକାରୀଙ୍କୁ କିଏ ଓ କେଉଁ ସ୍ୱାର୍ଥରେ ଘଣ୍ଟ ଘୋଡାଉଛି ତାହା ସାଧାରଣରେ ପ୍ରଶ୍ନବାଚୀ ସୃଷ୍ଟି କରୁଛି । ଏପରିକି ତାଙ୍କ ସ୍ତ୍ରୀ ଏହାର ସୁଯୋଗ ନେଇ ଅଧିକାରୀଜଣଙ୍କ ବର୍ତମାନ ସ୍ଥାୟୀ ନିର୍ଦ୍ଦେଶକ ହେବାପାଇଁ ଆବେଦନ କରିଥିବା ଚର୍ଚ୍ଚା ଯୋର ଧରିଛି । ଏଭଳି ଜଣେ ଅଧିକାରୀ ନିର୍ଦ୍ଦେଶକ ହେଲେ ଅନୁଷ୍ଠାନ ଦୁର୍ନୀତିରେ ପରିପୂର୍ଣ୍ଣ ହେବା ଅସମ୍ଭବ ନୁହେଁ । ତୁରନ୍ତ ଉଚ୍ଚ କର୍ତ୍ତୃପକ୍ଷ ବା ମନ୍ତ୍ରାଳୟ ଘଟଣାରେ ହସ୍ତକ୍ଷେପ କରି କାର୍ଯ୍ୟାନୁଷ୍ଠାନ ପାଇଁ ବିଭିନ୍ନ ମହଲରୁ ଦାବି ହୋଇଛି । ଘଟଣା ସଂପର୍କରେ ନିର୍ଦ୍ଦେଶକ ଶକ୍ତି ପ୍ରସାଦ ଦାସଙ୍କୁ ପଚାରିବାରୁ ସେ କହିଥିଲେ ଅଭିଯୋଗ ପାଇଲା ପରେ କମିଟି ଗଠନ ହୋଇ ତଦନ୍ତ ହୋଇଛି ଏବଂ ତଦନ୍ତ ରିପୋର୍ଟ ଯାହା ଏବେ ମନ୍ତ୍ରାଳୟ ନିକଟରେ ମହଯୁଦ ରହିଛି, ସେମାନେ ଯାହା ନିଷ୍ପତି ନେବେ ।

# ଓଡ଼ିଶା ରାଜ୍ୟ ରାଜଭାଷା ବିକାଶ ପରିଷଦର ୨୪ତମ ବାର୍ଷିକୋତ୍ସବ ପାଳିତ

ଭୁବନେଶ୍ୱର (ପିଏନ୍): ସାହିତ୍ୟର ଆଭିମୁଖ୍ୟ ଭାଙ୍ଗିବା ନୁହେଁ ଗଢ଼ିବା, ନେବା ନୁହେଁ ଦେବା । ଯଦିଓ ସମ୍ପ୍ରେଷଣର ମାଧ୍ୟମ ଭାଷା ତଥାପି ଆଖିଠାର କିମ୍ବା ଅବୟବର ଯେକୌଣସି ଈଶାରାରେ ଭାବକୁ ବ୍ୟକ୍ତ କରାଯାଇପାରେ । ସମୟ ଆସିଛି ଭାଷାଗତ ସଂକୀର୍ଣ୍ଣତା ଦୂରକରି ଅନୁବାଦ ମାଧ୍ୟମରେ ଭାରତୀୟ ଭାଷାମାନଙ୍କ ମଧ୍ୟରେ ସୁସମ୍ପର୍କ ସ୍ଥାପନ କରି ଓଡ଼ିଆ ଭାଷା, ସାହିତ୍ୟକୁ ସର୍ବବ୍ୟାପୀ ଓ ସର୍ବଗ୍ରାହୀ କରିବାକୁ ହେବ ବୋଲି ଭାରତୀୟ ବିଦ୍ୟାଭବନରେ କବି ତଥା ଅନୁବାଦକ ଶ୍ରୀ ନାରାୟଣ ମୁଦୁଲିଙ୍କ ଅଧ୍ୟକ୍ଷତାରେ ଆୟୋଜିତ ଓଡ଼ିଶା ରାଜ୍ୟ ରାଜଭାଷା ବିକାଶ ପରିଷଦର ୨୪ତମ ବାର୍ଷିକୋତ୍ସବର ଭାଷା, ସାହିତ୍ୟ ଓ ଅନୁବାଦ ସମାରୋହରେ ବକ୍ତାମାନେ ମତବ୍ୟକ୍ତ କରିଛନ୍ତି । ଉକ୍ତ ସମାରୋହରେ ମୁଖ୍ୟ ଅତିଥି ଭାବରେ ଓଡ଼ିଆ ଭାଷା, ସାହିତ୍ୟ ଓ ସଂସ୍କୃତି ବିଭାଗର ନିର୍ଦ୍ଦେଶକ ଶ୍ରୀ ରଂଜନ କୁମାର ଦାସ ଓଡ଼ିଆ ଭାଷା, ସାହିତ୍ୟର ମାଧୂର୍ଯ୍ୟକୁ ଶ୍ରୀବୃଦ୍ଧି କରିବାରେ ରାଜଭାଷା ବିକାଶ ପରିଷଦର ପ୍ରୟାସକୁ ଉଚ୍ଚ ପ୍ରଶଂସା କରିଥିଲେ ।।

ଅନ୍ୟମାନଙ୍କ ମଧ୍ୟରେ ଉତ୍କଳ ବିଶ୍ୱବିଦ୍ୟାଳୟର ପ୍ରଫେସର ସନ୍ତୋଷ ତ୍ରିପାଠୀ, ଭୁବନେଶ୍ୱର ସାହିତ୍ୟ ସମାଜର ସଭାପତି ଶ୍ରୀ ସୂର୍ଯ୍ୟ ମିଶ୍ର, ପୂଜ୍ୟ ପୂଜା ସଂସ୍କୃତି ଅଭିଯାନର ଅଧ୍ୟକ୍ଷ ଶ୍ରୀ ପ୍ରଦ୍ୟୁମ୍ନ ଶତପଥୀ, କବି ପିତାମ୍ବର ତରାଇ, କବି ପଞ୍ଚାନନ ସାହୁ ନିଜ ନିଜର ବକ୍ତବ୍ୟରେ ଭାରତୀୟ ଭାଷାମାନଙ୍କ ମଧ୍ୟରେ ଓଡ଼ିଆ ଭାଷାର ମୌଳିକତା, ଶବ୍ଦଶକ୍ତି, ଭାଷା-ଶୈଳୀ ଏବଂ ଅନୁବାଦ କଳା କୌଶଳର ସ୍ୱତନ୍ତ୍ର ପରିଚୟ ବର୍ଣ୍ଣନା କରିବା ସଂଗେ ସଂଗେ ହିନ୍ଦୀ ଭାଷା ସହିତ ସମନ୍ୱୟ ରକ୍ଷା କରି ଓଡ଼ିଆ ଭାଷା ସାହିତ୍ୟକୁ ବିକାଶ କରିବା ଉପରେ ଗୁରୁତ୍ୱ ଆରୋପ କରିଥିଲେ ।

ପରିଷଦର ଅଧ୍ୟକ୍ଷ କବି ତଥା ଅନୁବାଦକ ନାରାୟଣ ମୁଦୁଲିଙ୍କ ଦ୍ୱାରା ଅନୁଦିତ ଏବଂ ମହାମହିମ ରାଜ୍ୟପାଳ ପ୍ରଫେସର ଗଣେଶୀ ଲାଲଙ୍କ ଦ୍ୱାରା ଉନ୍ମୋଚିତ ବର୍ତ୍ତମାନ ସମୟର ୪୦ ଜଣ ପ୍ରବୀଣ ଓ ନବୀନ କବିମାନଙ୍କର ମୋଟ ୧୪୦ଟି ଓଡ଼ିଆ କବିତାକୁ ନେଇ ହିନ୍ଦୀରେ ଅନୁବାଦ ପୁସ୍ତକ 'ସମକାଲୀନ ଓଡ଼ିଆ କବିତାଓଂ କା ହିନ୍ଦୀ ଅନୁବାଦ'କୁ ହିନ୍ଦୀ ପ୍ରଶିକ୍ଷଣ ମହାବିଦ୍ୟାଳୟର ପ୍ରାକ୍ତନ ଅଧ୍ୟକ୍ଷ ଡଃ. ଅଜିତ କୁମାର ମହାପାତ୍ର ସମୀକ୍ଷା କରିଥିଲେ । ସଂସ୍କୃତି ବିଭାଗର ଅନୁଶାସନସଚିବ ଶ୍ରୀ ଲକ୍ଷ୍ମୀଧର ବେହେରା ସ୍ୱାଗତ ଭାଷଣ ଦେଇଥିବା ବେଳେ ଶିକ୍ଷାବିତ୍ ଶ୍ରୀ ଅଲେଖ ଦାସ ଧନ୍ୟବାଦ ଅର୍ପଣ କରିଥିଲେ । ଉକ୍ତ ସମାରୋହରେ କବି ରଂଜନ କୁମାର ଦାସଙ୍କୁ ଧର୍ମବୀର ଭାରତୀ କବିତା ସମ୍ମାନ, କବି ପିତାମ୍ବର ତରାଇଙ୍କୁ ସୂର୍ଯ୍ୟକାନ୍ତ ନିରାଲା ସମ୍ମାନ, ପ୍ରଦ୍ୟୁମ୍ନ ଶତପଥୀଙ୍କୁ ଖାଣ୍ଟି ଓଡ଼ିଆ ସମ୍ମାନରେ ସମ୍ମାନିତ କରାଯିବା ସଂଗେ ସଂଗେ ଅନ୍ୟ କବିମାନଙ୍କୁ ମଧ ସମ୍ମାନିତ କରାଯାଇଥିଲା ।

# ଡେରାବିଶ ବିକାଶ ପରିଷଦର ବୈଠକ

କେନ୍ଦ୍ରାପଡ଼ା (ପିଏନ୍): କେନ୍ଦ୍ରାପଡା ଜିଲ୍ଲା ଡେରାବିଶ ବିକାଶ ପରିଷଦର ଏକ ବୈଠକ ଡେରାବିଶ ପାର୍କ ହାଉସ ପରିସରରେ ପରିଷଦର ସ୍ଥାୟୀ ସଭାପତି ଦୁର୍ଯ୍ୟୋଧନ ସ୍ୱାଇଁଙ୍କ ପୌରହିତ୍ୟରେ ଅନୁଷ୍ଠିତ ହୋଇଯାଇଛି । ପ୍ରଥମେ ସିଡିସି ସ୍ୱର୍ଗତ ବିପିନ ରାୱତଙ୍କ ସମେତ ହେଲିକେପ୍ଟର ଦୂର୍ଘଟଣାରେ ଦେହାନ୍ତ ହୋଇଥିବା ୧୪ଜଣ ସେନା ଅଧିକାରୀ ଓ କର୍ମଚାରୀଙ୍କ ଅମର ଆତ୍ମାର ସଦଗତି ନିମନ୍ତେ ୨ମିନିଟ ନୀରବ ପ୍ରାର୍ଥନା କରାଯାଇଥିଲା । ପରିଷଦର ସମ୍ପାଦକଙ୍କ ବିୟୋଗ ଯୋଗୁଁ ପରିଷଦର ସଭ୍ୟ ଦିବାକର ନାୟକଙ୍କୁ ନୂତନ ସମ୍ପାଦକ ଭାବେ ସର୍ବସମ୍ମତିକ୍ରମେ ଚୟନ କରାଯାଇଥିଲା । ଡେରାବିଶର ବିକାଶ ପାଇଁ ନୂତନ ସମ୍ପାଦକ ଶ୍ରୀ ନାୟକ ସମସ୍ତ ସଭ୍ୟଙ୍କ ସହଯୋଗରେ ଉଦ୍ୟମ ଜାରି ରଖିବେ ବୋଲି ସଙ୍କଳ୍ପ ନେଇଥିଲେ । କେନ୍ଦ୍ରାପଡା ଜିଲ୍ଲାରେ ଏକ ଇସ୍ପାତ ଶିଳ୍ପ ସ୍ଥାପନା ପାଇଁ ନିଷ୍ପତ୍ତି ନିଆଯାଇଥିବାରୁ ସେଥିପାଇଁ ବୈଠକରେ ସରକାରଙ୍କୁ କୃତଜ୍ଞତା ଅର୍ପଣ କରାଯାଇଥିଲା । ଚଳିତବର୍ଷ ବନ୍ୟା, ବାତ୍ୟା ଯୋଗୁଁ କୃଷକଙ୍କ ମେରୁଦଣ୍ଡ ଭାଙ୍ଗି ଯାଇଥିବାରୁ ସରକାର ସେମାନଙ୍କୁ ସହାୟତା ପ୍ରଦାନ କରିବାକୁ ନିବେଦନ କରାଯାଇଥିଲା । ଏହି ବୈଠକରେ ଅମ୍ବିକା ପ୍ରସାଦ ରଥ, କ୍ଷୀରୋଦ ଚନ୍ଦ୍ର ସାମଲ, ଗୋଲକ ଚନ୍ଦ୍ର ସାହୁ, ଗୌରାଙ୍ଗ ଚରଣ ସାହୁ, ଅଭିମନ୍ୟୁ ସାହୁ, ପ୍ରସନ୍ନ କୁମାର ସିଂ, ବୈଷ୍ଣବ ଚରଣ ଜେନା, କୃଷ୍ଣ ଚନ୍ଦ୍ର ବଳ, ନିଳମଣୀ ବେହେରାଙ୍କ ସମେତ ପରିଷଦର ବହୁ ସଭ୍ୟ ଉପସ୍ଥିତ ରହି ଆଲୋଚନାରେ ଅଂଶଗ୍ରହଣ କରିଥିଲେ ।

# ପାରାଦୀପରେ ବାଜପେୟୀଙ୍କ ପ୍ରତିମୂର୍ତ୍ତି ସ୍ଥାପନ

ପାରାଦୀପ (ପିଏନ୍)-ଗତ ମାସ ୨୫ ତାରିଖରେ ପୂର୍ବତନ ପ୍ରଧାନମନ୍ତ୍ରୀ ଅଟଳ ବିହାରୀ ବାଜପେୟୀଙ୍କ ୯୭ତମ ଜନ୍ମ ବାର୍ଷିକ ଉପଲକ୍ଷେ ପାରାଦୀପର ଅଟଳ ବିହାରୀ ବାଜପେୟୀ ଟ୍ରଷ୍ଟ ପ୍ରଚେଷ୍ଟାରେ ବାଜପେୟୀଙ୍କର ଏକ ପୂର୍ଣ୍ଣ ଅବୟବ ପ୍ରତିଷ୍ଠା କରାଯାଇଛି । ଏଥିନିମନ୍ତେ ପାରାଦୀପ ନୂଆବଜାରସ୍ଥିତ ବାଜପେୟୀ ପାର୍କକୁ ସ୍ଥାନ ନିରୂପଣ କରାଯାଇଥିଲା । ଏହି ପାର୍କ ପରିସରରେ ଆୟୋଜିତ ହେବାକୁ ଥିବା ସମାରୋହରେ ଭୁବନେଶ୍ୱର ସାଂସଦ ଅପରାଜିତା ଷଡଙ୍ଗୀ ଯୋଗ ଦେଇ ପ୍ରତିମୂର୍ତ୍ତିକୁ ଉନ୍ମୋଚନ କରିଥିଲେ । ଏହି ପରିପ୍ରେକ୍ଷୀରେ ଟ୍ରଷ୍ଟ ପକ୍ଷରୁ ବିଭିନ୍ନ କାର୍ଯ୍ୟକ୍ରମ ଆୟୋଜନ କରାଯାଇଥିଲା । ପାରାଦୀପ ବନ୍ଦର ପକ୍ଷରୁ ପ୍ରତିମୂର୍ତ୍ତି ଯୋଗାଇ ଦିଆଯାଇଥିବା ବେଳେ ଟ୍ରଷ୍ଟର ସଦସ୍ୟମାନେ ନିଜର ଅର୍ଥ ଓ ଶ୍ରମ ଦାନ କରି ମୂର୍ତ୍ତି ନିମନ୍ତେ ଷ୍ଟାଣ୍ଡ ନିର୍ମାଣର ବ୍ୟୟଭାର ବହନ କରିଥିଲେ । ଏହି କାର୍ଯ୍ୟକ୍ରମରେ ଅଂଚଳବସୀ ବହୁସଂଖ୍ୟାରେ ଯୋଗଦେଇ ସ୍ୱର୍ଗତଃ ଅଟଳବିହାରୀ ବାଜପେୟୀଙ୍କୁ ଶ୍ରଦ୍ଧାସୁମନ ଅର୍ପଣ କରିଥିଲେ ।


## DISPLAY CLASSIFIED

FOR ADVERTISEMENT CONTACT
Phone No. (0674) 2555116/9853400829
Fax: (0674) 2550504
E-mail : paryabekhyak@gmail.com
editorpbkc@gmail.com

TARIFF: 10 c.m.x 4cm: Rs. 8,000/- (One Month)
10c.m.x 4cm: Rs. 350/- (One day)
5c.m.x 4cm: Rs. 5,000/- (One Month)
5c.m.x 4cm: Rs. 200/- (One day)

VED BHAWAN
Creating Peace, Progress & Prosperity
For all Vedic Performances like Rudravishek, Mahalaxmi Pujan, Grahashanti Anusthan, Chandipatha, Vishnu Sahasranama Patha, Birthday Celebration, Griha Prabesh, Vastu Pujan, Bhumi Pujan, Astrological Consultation & Prediction etc.
DO YOU NEED PUNDITS / ASTROLOGERS / VASTU EXPERTS ?
Contact :
Near Mukteswar Temple, Sarbodaya Nagar, Puri.
N-3, B-14/15, MPS Campus, Nayapalli, Bhubaneswar
Ph. 0674-2550786, Fax : 0674-2550504
Email.: yagyaanusthan@sify.com

ADMISSION ON
MPS PLAY HOME
Where awareness nurtured, innocence blossoms.
For
PRE-NURSERY, NURSERY, L.KG. & U.KG.
N-3B-14/15, Ekamra Kanan Road,Nayapalli, BBSR
Tel : (0674) 2556225, 2558884, Fax : 2550504
Email : maharishipublicschool@yahoo.com
Web : www.maharishipublicschool.com

Phragyan Communication

ADMISSION ON
MAHARISHI PUBLIC SCHOOL
your gateway to complete education
For
PRE-NURSERY, NURSERY, L.KG., U.KG., Std-1 to Std-VIII
Baghra Road, Baripada
Tel-06792-255227
Email : maharishipublicschool@yahoo.com
Web : www.maharishipublicschool.com

Mahaditya Publication


# ଜିଲ୍ଲା ଓକିଲ ସଙ୍ଘ ପକ୍ଷରୁ ରାଜ୍ୟସଭା ସାଂସଦ ସୁବାଷ ସିଂଙ୍କୁ ସ୍ୱାଗତ ସମ୍ବର୍ଦ୍ଧନା

କେନ୍ଦ୍ରାପଡ଼ା (ପିଏନ୍): କେନ୍ଦ୍ରାପଡା ଜିଲ୍ଲା ଓକିଲ ସଙ୍ଘ ପକ୍ଷରୁ ରାଜ୍ୟସଭା ସାଂସଦ ସୁବାଷ ସିଂଙ୍କୁ ପୁଷ୍ପଗୁଚ୍ଛ ଓ ଉତ୍ତରୀୟ ପ୍ରଦାନ ପୂର୍ବକ ସ୍ୱାଗତ ସମ୍ବର୍ଦ୍ଧନା ଅର୍ପଣ କରାଯାଇଛି । ଏହି ଉପଲକ୍ଷେ ଜିଲ୍ଲା ଓକିଲ ସଂଘର ସଭାପତି ଆଶୁତୋଷ ମହାନ୍ତିଙ୍କ ସଭାପତିତ୍ୱରେ ଅନୁଷ୍ଠିତ ସଭାରେ ଓକିଲମାନଙ୍କ ପକ୍ଷରୁ ଏକ ଦାବୀପତ୍ର ସାଂସଦ ଶ୍ରୀ ସିଂଙ୍କୁ ପ୍ରଦାନ କରାଯାଇଥିଲା । ରାଜ୍ୟସଭା ସାଂସଦ ଶ୍ରୀ ସିଂ ଜିଲ୍ଲାର ସର୍ବପୂରାତନ ଜିଲ୍ଲା ଓକିଲ ସଂଘର ସମସ୍ୟା ଓ ଉନ୍ନୟନମୂଳକ କାର୍ଯ୍ୟ କରିବା ପାଇଁ ପ୍ରତିଶୃତି ଦେଇଥିଲେ । ଏହି ସଭାରେ ଜିଲ୍ଲା ଓକିଲ ସଂଘର ସମ୍ପାଦକ ସେକ ଅଜିମୁଦ୍ଦିନ, ସରକାରୀ ଓକିଲ ସଞ୍ଜୟ କୁମାର ଜେନା, ବରିଷ୍ଠ ଆଇନଜୀବୀ ବିଚିତ୍ରାନନ୍ଦ ମହାନ୍ତି, ଗଗନବିହାରୀ ଜେନା, ବିଭୁ ପ୍ରସାଦ ସିଂ, ରଞ୍ଜନ କୁମାର ପଣ୍ଡା, ନିରଞ୍ଜନ ବଳ, ଭୀମସେନ ଭୂୟାଁ, ବ୍ରଜ ସୁନ୍ଦର ରାଉତ, ମାନସ ମହାନ୍ତି, ସ୍ମୃତିରଂଜନ ସିଂ, ହାଡିବନ୍ଧୁ ସିଂ, ନିତ୍ୟାନନ୍ଦ ସ୍ୱାଇଁ, ଅରୁଣ ପ୍ରସାଦ ଦାସ, ଦିନେଶରାଜ ସିଂ, ଚୌଧୁରୀ ସୁବାଷ ଚନ୍ଦ୍ର ମିଶ୍ର, ବିରେନ୍ଦ୍ର ଦାସ, ରାଧାଶ୍ୟାମ ଚାନ୍ଦ, ଅଫସର ଅଲ୍ଲୀ ବକ୍ସ, ପ୍ରଭାତ ପ୍ରଧାନ, ଆଶିଷ ସାମଲ, ରେଣୁବାଳା ସାମଲ, ଦୀପକ ପ୍ରଧାନ ପ୍ରମୁଖ ଉପସ୍ଥିତ ଥିଲେ ।

# ବିଜେପିର ମିଶ୍ରଣ ପର୍ବ



ଧର୍ମଶାଳା (ପିଏନ୍): ଧର୍ମଶାଳା ବ୍ଲକ ସଂପାରୁ ପଂଚାୟତରେ ବିଜେପିର ଏକ ମିଶ୍ରଣ ପର୍ବ ଅନୁଷ୍ଠିତ ହୋଇଯାଇଛି । ଏହି ମିଶ୍ରଣ ପର୍ବରେ ବିଜେପି ନେତ୍ରୀ ସ୍ମୃତିରେଖା ପହି ଅତିଥି ଭାବେ ଯୋଗଦେଇଥିଲେ । ଶତାଧିକ ଯୁବକ ଅନ୍ୟ ଦଳ ଛାଡି ବିଜେପିରେ ଯୋଗଦେଇଥିଲେ । ଶ୍ରୀମତୀ ପହି ସେମାନଙ୍କୁ ଦଳୀୟ ଟୋପି ଓ ଉତରୀୟ ଦେଇ ସ୍ୱାଗତ ଜଣାଇଥିଲେ । ଏହି ମିଶ୍ରଣ ପର୍ବରେ କରୁଣାକର ସ୍ୱାଇଁ ଅଧ୍ୟକ୍ଷତା କରିଥିବା ବେଳେ ଚନ୍ଦ୍ରମଣି ପଣ୍ଡିତ, ମାନସ ମହାନ୍ତି, ଦୁଃଶାସନ ଘଡାଇ, ବିଭୂତି ଭୂଷଣ ଜେନା, ହିମାଂଶୁ ମହାପାତ୍ର, ତପନ ମାହୁନ୍ତ ପ୍ରମୁଖ ଯୋଗଦେଇ ରାଜ୍ୟ ସରକାରଙ୍କୁ କଟୁ ସମାଲୋଚନା କରିଥିଲେ । ଏହି ମିଶ୍ରଣ ପର୍ବରେ ରାଜା ସାହୁ, ବାବୁ ସାହୁ, ଅଶୋକ ସାହୁ, ବୁଲା ବେହେରା, ବୀର ସାହୁ, ନିରଂଜନ ମଲିକ, ଆତୁଲ ମଲିକ, ଦେବ ମଲିକ ପ୍ରମୁଖ ଶତାଧିକ ଯୁବକ ଅନ୍ୟଦଳ ଛାଡି ଦଳରେ ଯୋଗଦେଇଥିଲେ ।

# ବରିଷ୍ଠ ନାଗରିକ ମଂଚର ଦ୍ୱିତୀୟ ବାର୍ଷିକ ଉତ୍ସବ ଅନୁଷ୍ଠିତ

ଖୋର୍ଦ୍ଧା (ପିଏନ୍): ଖୋର୍ଦ୍ଧା ଜିଲା ବରିଷ୍ଠ ନାଗରିକ ମଂଚର ଦ୍ୱିତୀୟ ବାର୍ଷିକ ପ୍ରତିଷ୍ଠା ଦିବସ ଗତ ମାସ ୨୯ ତାରିଖ ଅପରାହ୍ଣ ୨ଘଟିକା ସମୟରେ ଜିଲ୍ଲା ସଂସ୍କୃତି ଭବନରେ ଅନୁଷ୍ଠିତ ହୋଇଯାଇଛି । ଏହି ପରିପ୍ରେକ୍ଷୀରେ ଏକ ପ୍ରସ୍ତୁତି ବୈଠକ ସଭାପତି ଜ୍ଞାନରଂଜନ ଦାଶଙ୍କ ପୌରୋହିତ୍ୟରେ ସ୍ଥାନୀୟ ଗାୟତ୍ରୀ ଶକ୍ତିପୀଠ ପରିସରରେ ଅନୁଷ୍ଠିତ ହୋଇଥିଲା । ଏହି ବୈଠକରେ ସର୍ବଶ୍ରୀ ଭୀମସେନ ପ୍ରଧାନ, ସତ୍ୟବାଦୀ ବଳିଆରସିଂହ, ବୈକୁଣ୍ଠନାଥ ରାଜଗୁରୁ, ଗୋବିନ୍ଦ ଚନ୍ଦ୍ର ମହାରଣା, ବୈକୁଣ୍ଠନାଥ ମହାପାତ୍ର, ବସନ୍ତ କୁମାର ଦାଶ, ସମରଜିତ୍ ପଟ୍ଟନାୟକ, ନାରାୟଣ ଦାସ, ବିରଂଚି ନାରାୟଣ ଚହଟରାୟ ପ୍ରମୁଖ ଅଂଶଗ୍ରହଣ କରିଥିଲେ । ପ୍ରତିଷ୍ଠା ଦିବସରେ ସ୍ଥାନୀୟ ବିଧାୟକ ଜିତୁ ମିତ୍ର, ଜିଲା ଯୋଜନା ବୋର୍ଡ ଉପାଧ୍ୟକ୍ଷ ତଥା ବେଗୁନିଆ ବିଧାୟକ ରାଜେନ୍ଦ୍ର ସାହୁ, ଖୋର୍ଦ୍ଧା ଜିଲାପାଳ, ଉପ-ଜିଲାପାଳ, ଆରକ୍ଷୀ ଅଧୀକ୍ଷକ, ପୌର ପରିଷଦ ନିର୍ବାହୀ ଅଧିକାରୀ, ଜିଲା ମୁଖ୍ୟ ଚିକିତ୍ସାଧିକାରୀ ପ୍ରମୁଖ ଯୋଗଦେଇଥିଲେ । ଉତ୍ସବରେ ସମ୍ମାନ ସମ୍ବର୍ଦ୍ଧନା ସହ ଏକ ମୁଖପତ୍ର ଉନ୍ମୋଚିତ ହୋଇଥିବା ବରିଷ୍ଠ ନାଗରିକ ମଂଚର ସଂପାଦକ ରାମଶଂକର ଜଣାଇଥିଲେ । ଏହି ଅବସରରେ ପରିଚୟ ପତ୍ର ପାଇନଥିବା ବରିଷ୍ଠ ନାଗରିକମାନଙ୍କୁ ଖୋର୍ଦ୍ଧା ଆଦର୍ଶ ଥାନା ପକ୍ଷରୁ ପରିଚୟ ପତ୍ର ପ୍ରଦାନ କରାଯିବ ବୋଲି ଜଣାପଡ଼ିଛି ।

# ବିଶ୍ୱଜୀବନ ସେବାସଂଘ ସଭାପତି ଜଗନ୍ନାଥ ସେଠୀଙ୍କ ପରଲୋକ

ଖୋର୍ଦ୍ଧା (ପିଏନ୍): ଶରଧାପୁର ବିଶ୍ୱଜୀବନ ସେବାସଂଘର ସଭାପତି ତଥା ଖୋର୍ଦ୍ଧା ବ୍ଲକର ଅବସରପ୍ରାପ୍ତ ବିଆରସିସି ଜଗନ୍ନାଥ ସେଠୀଙ୍କର ୬୫ ବର୍ଷ ବୟସରେ ପୁରୀର ଏକ ଘରୋଇ ଡାକ୍ତରଖାନାରେ ପରଲୋକ ହୋଇଯାଇଛି । ନିଜ ଗ୍ରାମ ଶରଧାପୁର ଭୀମେଶ୍ୱର ହାଇସ୍କୁଲ ପ୍ରତିଷ୍ଠାରେ ତାଂକର ଅଗ୍ରଣୀ ଭୂମିକା ରହିଥିଲା । ରାଜ୍ୟର ଜଣାଶୁଣା ସ୍ୱେଚ୍ଛାସେବୀ ଅନୁଷ୍ଠାନ ବିଶ୍ୱ ଜୀବନ ସେବାସଂଘର ସଭାପତି ଭାବେ ବହୁ ଉନ୍ନତିମୂଳକ କାର୍ଯ୍ୟରେ ସେ ବ୍ରତୀ ଥିଲେ ବୋଲି ଶୋକପ୍ରକାଶ କରି ସେବାସଂଘର ସାଧାରଣ ସଂପାଦକ ବୈଦ୍ୟନାଥ ବରାଳ ମତ ଦେଇଛନ୍ତି । ସ୍ୱର୍ଗତ ସେଠୀ ଖୋର୍ଦ୍ଧା କୋଣାର୍କ ନଗରରେ ସ୍ଥାୟୀ ଭାବେ ଗତ ୧୨ ବର୍ଷ ହେବ ରହୁଥିଲେ । ତାଂକ ମୃତ୍ୟୁରେ ଐତିହାସିକ ସତ୍ୟବାଦୀ ବଳିଆରସିଂହ, ରାଜ୍ୟ ୟୁଜିମିଇ ସ୍କୁଲ ଶିକ୍ଷକ ସଂଘ ସଭାପତି ରବି ଶତପଥୀ, ଦିବାକର ପଟ୍ଟନାୟକ, ଗୁଣନିଧି ମହାପାତ୍ର, ରତ୍ନାକର ରଣସିଂହ, ଗୋଦାବରୀଶ ପାଇକରାୟ ପ୍ରମୁଖ ଶୋକବ୍ୟକ୍ତ କରିଛନ୍ତି ।

# ଡାକ୍ତର ଅଲେଖ ଚନ୍ଦ୍ର ଦାସ ସ୍ମୃତି ସମ୍ମାନ ପାଇଲେ ଏଡିଏମଓ ଡା. ମିଶ୍ର



କେନ୍ଦ୍ରାପଡ଼ା (ପିଏନ୍): ଜିଲ୍ଲା ବୋଇତ ବନ୍ଦାଣ ସମିତି,କେନ୍ଦ୍ରାପଡା ପକ୍ଷରୁ ବୁଧବାର ସନ୍ଧ୍ୟାରେ ଅତିରିକ୍ତ ଜିଲ୍ଲା ଚିକିତ୍ସା ଅଧିକାରୀ ଡା.ସଚ୍ଚିଦାନନ୍ଦ ମିଶ୍ରଙ୍କୁ କୋଭିଡ ସମୟର ଉତ୍ସର୍ଗୀକୃତ ସେବା ପାଇଁ ଡାକ୍ତର ଅଲେଖ ଚନ୍ଦ୍ର ଦାସ ସ୍ମୃତି ସମ୍ମାନରେ ସମ୍ମାନିତ କରାଯାଇଛି । ଏହି ଉପଲକ୍ଷେ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟ ସମ୍ମିଳନୀ କକ୍ଷରେ ସମିତିର ମୁଖ୍ୟ ଉପଦେଷ୍ଟା ପ୍ରଦିପ କୁମାର ମହାନ୍ତି, ସମ୍ପାଦକ ସଞ୍ଜୟ ରାଉତ, ସଭ୍ୟ ବୈଷ୍ଣବ ଚରଣ ପ୍ରଧାନ, ଚିତ୍ତରଞ୍ଜନ ଦାସ ଏବଂ ଜିଲ୍ଲା ମୁଖ୍ୟ ଚିକିତ୍ସା ଅଧିକାରିଣୀ ଡା. ଅନିତା ପଟ୍ଟନାୟକ ଓ ଏଡିଏମଓ ଡା. ନୃପେଶ ଶତପଥୀ ପ୍ରମୁଖ ଅତିରିକ୍ତ ଜିଲ୍ଲା ଚିକିତ୍ସା ଅଧିକାରୀ ତଥା କୋଭିଡର ଜିଲ୍ଲା ନୋଡାଲ ଅଧିକାରୀ ଡା. ମିଶ୍ରଙ୍କୁ ମାନପତ୍ର, ପୁଷ୍ପଗୁଚ୍ଛ ଓ ଉପଢୌକନ ପ୍ରଦାନ ପୂର୍ବକ ସମ୍ବର୍ଦ୍ଧିତ କରିଥିଲେ ।

# ପ୍ରଜ୍ଞାପନ ମେଢ ବାଦ୍ ପଡିବା ଏକ ଷଡଯନ୍ତ୍ର

ଭୁବନେଶ୍ୱର (ପିଏନ୍): ଆସନ୍ତା ଜାନୁଆରୀ ୨୬ ତାରିଖରେ ସାଧାରଣତନ୍ତ୍ର ଦିବସରୁ ଓଡିଶାର ପ୍ରଜ୍ଞାପନ ମେଢ ବାଦ୍ ପଡିବା ନିନ୍ଦନୀୟ । ପାଇକ ବିଦ୍ରୋହ ଓ ବକ୍ସି ଜଗବନ୍ଧୁ ମଡେଲଟି ତିନିଥର ଚୟନ କମିଟିରେ ଗ୍ରହଣ ହୋଇଥିବା ବେଳେ ଚତୁର୍ଥ ତଥା ଶେଷ ଚୟନ କମିଟିକୁ ମଡେଲ ଉପସ୍ଥାପନା ପାଇଁ ଡକାନଯିବା ଦୁର୍ଭାଗ୍ୟଜନକ । ନିକଟରେ ପାଇକ ବିଦ୍ରୋହକୁ ଦେଶର ପ୍ରଥମ ସ୍ୱାଧୀନତା ସଂଗ୍ରାମ ଭାବରେ ମାନ୍ୟତା ଦେବା ପାଇଁ ଦାବି ଜୋର ଧରିଥିବା ବେଳେ ପାଇକ ବିଦ୍ରୋହ ଓ ବକ୍ସି ଜଗବନ୍ଧୁ ମଡେଲକୁ ଜାତୀୟ ସାଧାରଣତନ୍ତ୍ର ଦିବସରେ ସାମିଲ କରାଇ ନଦେବା ପାଇଁ ଷଡଯନ୍ତ୍ର ହୋଇଥିବାର ସନ୍ଦେହ ହେଉଛି । ଉତ୍କଳ ସମ୍ମିଳନୀ ଏହାକୁ ବିରୋଧ କରୁଛି ଓ ଏହା ଏକ ଯୋଜନାବଦ୍ଧ ଷଡଯନ୍ତ୍ର ବୋଲି ଏକ ପ୍ରେସ୍ ବିଜ୍ଞପ୍ତି ଯୋଗେ ଉତ୍କଳ ସମ୍ମିଳନୀ ମଞ୍ଚେଶ୍ୱର ଶାଖା ସଭାପତି ଅଧିବକ୍ତା ଦିଲ୍ଲୀପ ଦାଶଶର୍ମା କହିଛନ୍ତି । ଉତ୍କଳ ସମ୍ମିଳନୀ ମହାମହିମ ରାଷ୍ଟ୍ରପତିଙ୍କ ନିକଟକୁ ପତ୍ର ଲେଖିବ ବୋଲି ଶ୍ରୀ ଦାଶଶର୍ମା କହିଛନ୍ତି ।




## ଜିଲ୍ଲା ଲେଖକ ସମ୍ମେଳନ ପକ୍ଷରୁ ବିଶ୍ୱ ମାତୃଭାଷା ଦିବସ ପାଳନ

ଧର୍ମଶାଳା, (ପିଏନ୍): ଧର୍ମଶାଳା ବ୍ଲକ ଜାରକାସ୍ଥିତ ଧର୍ମଶାଳା ପ୍ରେସ୍‌କ୍ଲବରେ ଆଜି ଯାଜପୁର ଜିଲ୍ଲା ଲେଖକ ସମ୍ମେଳନ ପକ୍ଷରୁ ବିଶ୍ୱ ମାତୃଭାଷା ଦିବସ ପାଳନ ଓ କାର୍ଯ୍ୟକାରୀ ବୈଠକ ସଭାପତି ଡକ୍ଟର ରୁଦ୍ରନାରାୟଣ ପୃଷ୍ଟିଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ହୋଇଯାଇଛି । ଏହି କାର୍ଯ୍ୟକ୍ରମରେ ଆଲୋଚକ ଭାବେ ଗୋକର୍ଣ୍ଣିକା ସଂପାଦକ ରମାକାଂ ଜେନା, ଉପସଭାପତି ନୃସିଂହ ଚରଣ ବେହେରା, ସାଧାରଣ ସଂପାଦକ ଦୟାନିଧି ନାୟକ, କୋଷାଧକ୍ଷ ପ୍ରତାପରୁଦ୍ର ପଣ୍ଡା, କାର୍ଯ୍ୟକାରୀ କମିଟି ସଦସ୍ୟ, ଡ. ଗୌତମ ଜେନା, କାହ୍ନୁଚରଣ ଦାଶ, ଡ. ପ୍ରଶାଂ କୁମାର ସ୍ବାଇଁ, ଶିବ ଚରଣ ମାଝୀ, ଅଜୟ ବଳ, ପ୍ରଭାତ କୁମାର ମଲ୍ଲିକ ଯୋଗଦେଇ ଭାଷାପ୍ରୀତି ଓ ଅନୁରାଗ ସମୟକ୍ରମେ ଉଗ୍ରତାର ରୂପନେଇ ଭାଷାଭିତିକ ବଙ୍ଗଳା ଦେଶ ସୃଷ୍ଟି ହୋଇଛି । ଏହି ଆନ୍ଦୋଳନରେ ପୁଲିସଦ୍ୱାରା ମୃତାହତ ହୋଇଥିବା ଛାତ୍ର ଆଜି ବିଶ୍ୱରେ ସ୍ମରଣୀୟ ହୋଇଛଁ । ସେହି ଦିବସକୁ ସ୍ମରଣ କରିବାପାଇଁ ୨୦୦୦ ମସିହା ଫେବୃୟାରୀ ୨୧ ତାରିଖଠାରୁ ୟୁନିସ୍କୋ ନିଷ୍ପତି ଅନୁଯାୟୀ ବିଶ୍ୱମାତୃଭାଷା ଦିବସ ପାଳନ କରାଯାଉଛି । ପ୍ରତ୍ୟେକଙ୍କର ନିଜ ମାତୃଭାଷା ପ୍ରତି ସମ୍ମାନ ରହିବା ଉଚିତ ବୋଲି ଆଲୋଚକମାନେ ଆଲୋକପାତ କରିଥିଲେ । ବର୍ଷତମାମ ଲେଖକ ସମ୍ମେଳନ ପକ୍ଷରୁ ବିଭିନ୍ନ ପ୍ରକାର ସାଂସ୍କୃତିକ ଓ ସାହିତ୍ୟିକ କାର୍ଯ୍ୟକ୍ରମ ହେବାପାଇଁ ସ୍ଥିର କରାଯିବା ସହିତ ବିଭିନ୍ନ ବ୍ଲକରେ ଥିବା ସାହିତ୍ୟ ଅନୁଷ୍ଠାନ ସହବନ୍ଧନରେ ସାହିତ୍ୟିକ କାର୍ଯକ୍ରମ ଆୟୋଜନ କରାଯିବ । ଆଲୋଚନାରେ ଉପସ୍ଥିତ ଥିବା କର୍ମକର୍ତା ଓ ସଦସ୍ୟମାନେ ଭାଗ ନେଇଥିବାବେଳେ ସଂପାଦକ ମମତାଜ ଅଲ୍ଲୀ ଧନ୍ୟବାଦ ଦେଇଥିଲେ ।

## ପାରାଦୀପ ଇଫକୋର ନୂତନ ରେଲୱେ ସାଇଡିଙ୍ଗ ଉଦଘାଟିତ

ପାରାଦୀପ ,(ପି.ଏନ) ପାରାଦୀପ ସ୍ଥିତ କଙ୍କର ର ଗତିଶକ୍ତି ମଲ୍ଟିମୋଡାଲ କାର୍ଗ ? ଟର୍ମୀନାଲ ଠାରେ ଇଫକୋ ର ଏକ ନୂତନ ରେଲୱେ ସାଇଡିଙ୍ଗ ଉଦଘାଟିତ ହୋଇଯାଇଛି କ୍ଷ ଏହି ସାଇଡିଙ୍ଗ ରେ ସାର, ଜିପସମ ଓ କୋଇଲା ପରିବହନ ପାଇଁ ଅଲଗା ରେଳ ଲାଇନର ବ୍ୟବସ୍ଥା ରହିଛି କ୍ଷ ଏହି ବ୍ୟବସ୍ଥା ଫଳରେ ଦେଶର ବିଭିନ୍ନ ପ୍ରାନ୍ତକୁ ସାର ପରିବହନ ହେବା ସହ ସାରକାରଖାନା ର ବର୍ଜ୍ୟ ଜିପସମ ଗୁଣ୍ଡ ସ୍ଥାନାନ୍ତରଣରେ ବୃଦ୍ଧି ଘଟିବ କ୍ଷ ଏହି ନୂତନ ରେଲୱେ ସାଇଡିଙ୍ଗ କୁ ଇଫକୋ ପରିଚ଼ାଳନା ନିର୍ଶେକ ଡ଼ଃ. ୟୁ.ଏସ. ଅୱସ୍ତି ବୁଧବାର ଦିନ ଉଦଘାଟନ କରିଥିଲେ କ୍ଷ ଏହି ଅବସରରେ ଅନ୍ୟମାନଙ୍କ ମଧ୍ୟରେ ଇଷ୍ଟକୋଷ୍ଟ ରେଲୱେ ଅଧିକାରୀ ଦିବଞ୍ଜନ ରଏ, ଅର୍ଘ୍ୟ ପଟନାୟକ, ଇଫକୋ ପାରାଦୀପ ୟୁନିଟ ନିର୍ଦ୍ଦେଶକ କେ.ଜେ.ପଟେଲ ଙ୍କ ସମେତ ଇଫକୋ, କଙ୍କର କମ୍ପାନୀ ଓ ଇଷ୍ଟକୋଷ୍ଟ ରେଲୱେ ର ବହୁ ଅଧିକାରୀ ମାନେ ଉପସ୍ଥିତ ଥିଲେ କ୍ଷ ଏହି ଉଦଘାଟନୀ ଅବସରରେ ଶ୍ରୀ ଅୱସ୍ତି ଉତ୍ତରପ୍ରଦେଶ ର ଏସିସି ସିମେଣ୍ଟ କାରଖାନା ଉଦ୍ଦେଶ୍ୟରେ ଏକ ଜିପସମ

## ବିଜେପି ର ଗାଁ କୁ ଚ଼ାଲ ସମ୍ପର୍କ ଅଭିଯାନ, ଯୋଗ ଦେଲେ ରାଜ୍ୟ ଉପସଭାପତି

ଅନୁଗୁଳ/ଖମାର ,(ପି.ଏନ): ବିଜେପି ଖମକ୍ଷର ମଣ୍ଡଳ ପକ୍ଷରୁ ରୁ ଓଡ଼ିଶ ଷାଡିୟମ ରେ ବିଜେପି ପକ୍ଷରୁ ଏକ ଲାଭାଂଥି ସମ୍ମିଳନୀ ଅନୁଷ୍ଠିତ ହୋଇଯାଇଛି , ମଣ୍ଡଳ ସଭାପତି ଗୌର ଚ଼ନ୍ଦ୍ର ପ୍ରଧାନ ଙ୍କ ସଭାପତିତ୍ୱ ରେ ଅନୁଷ୍ଠିତ ସମ୍ମିଳନୀ ରେ ରାଜ୍ୟ ଉପସଭାପତି ,ଗୋଲକ ମହାପାତ୍ର ଯୋଗଦେଇ ପ୍ରଧାନ ମନ୍ତ୍ରୀ ନରେନ୍ଦ୍ର ମୋଦୀ ଙ୍କ ଦ୍ୱାରା ଗରିବ କଲ୍ୟାଣ ଯୋଜନାରେ ମିଳି ଥିବା ଲାଭ ବିଷୟରେ ଆଲୋଚ଼ନା କରିଥିଲେ ପ୍ରଧାନ ମନ୍ତ୍ରୀ ଗରିବ ଲୋକଙ୍କୁ ମାଗଣା ଚ଼ାଉଳ , ପ୍ରଧାନ ମନ୍ତ୍ରୀ ଅକ୍ଷବକ୍ଷସ ରେ ଘର , ଘରକୁ ପାଇପ୍ ଯୋଗେ ପାଣି , ପାଇଁ ଖକ୍ଷନା ମାଗଣା ବିଦ୍ୟୁତ୍ ଯୋଜନା ଉଜ୍ଜ୍ୱଳା ଜୋଜନା ରେ ମାଗଣା ଗ୍ୟାସ ସଂଯୋଗ, କୃଷକ ସମ୍ମାନ ନିଧି, ପ୍ରଭୁତି ଦେଇଥିଲେ ବେଳେ ଗାଁ ରେ ପହଂଚ଼ି ନାହିଁ ଏହା ମହିଳା ମାନେ ଜଣାଇଥିଲେ , ସମସ୍ତ ଗରିବ ଙ୍କୁ ସହାୟତା ହେବ ଯେତେ ବେଳେ ଡବଲ ଈଜଂଜ ସରକାର ପାଇଁ ଆହ୍ୱାନ କରିଥିଲେ ସେହିପରି , ଶଙ୍କ ମୁର ଗ୍ରାମ ରେ ଘର ଘର ବୁଲି ସମ୍ପର୍କ କରିବା ସହିତ ବୁଦ୍ଧି ଜିବି ଙ୍କୁ ଭେଟି ମୋଦୀ ସରକାରରେ ଙ୍କ ବିଷୟରେ ଆଲୋଚ଼ନା କରିଥିଲେ ଶିକ୍ଷାବିତ କେଦାର ପ୍ରଧାନ ଙ୍କ ବାସ ଭବନ ରେ ରାତି ଜାପନ କରିଥିଲେ , କାର୍ଯ୍ୟ ରେ ବିଜେପି ନେତା ରାଜକାର୍ଯ୍ୟ କାରିଣୀ ସଦସ୍ୟ ଅଶୋକ ମହାନ୍ତି ବିଜେପି ନେତା ସରୋଜ ସାହୁ ବସନ୍ତ ପ୍ରଧାନ ଅବନୀ ପ୍ରଧାନ ସଂଯୋଜକ ଚ଼ନ୍ଦନ ସ୍ୱରାଜ ତ୍ରିପୁରାର ପ୍ରଧାନ ହରେକୃଷ୍ଣ ପ୍ରଧାନ ଦିଲେଶ୍ୱର ବେହେରା ସୌମ୍ୟ ପ୍ରଧାନ ଲିପୁନ ପ୍ରଧାନ ସ୍ୱର୍ଣ୍ଣ ମଞ୍ଜରି ସାହୁ ରଜନୀ ମହାରଣ କ୍ଷ ରଞ୍ଜିତକ୍ଷ ନାଥ ବସନ୍ତ ମଞ୍ଜରି ପ୍ରଧାନ ସୌଦାମିନୀ ସେଠି ଜିତୁ ମହାନ୍ତି ସାନୁ ବିଶ୍ୱାଳ ତପନ ସାହୁ ପ୍ରଦୀପ ପ୍ରଧାନ ଗଗନ ପ୍ରଧାନ ପ୍ରଧାନ ପ୍ରମୁଖ ଉପସ୍ଥିତଥିଲେ



## ମହିଳାଙ୍କୁ ହତ୍ୟା ଘଟଣାରେ ପୋଲିସର ଉଦାସୀନତା ବିରୋଧରେ ଜିଲ୍ଲାପାଳଙ୍କ କାର୍ଯ୍ୟାଳୟ ସମ୍ମୁଖରେ ଧାରଣା

### କ୍ରାଇମବ୍ରାଂଚ ତଦନ୍ତ ଦାବି କଲା ପରିବାର




କେନ୍ଦ୍ରାପଡା, (ପିଏନ)-ଅଧିକ ଯୌତୁକ ଦାବିକରି ମହିଳାଙ୍କୁ ନିର୍ଯ୍ୟାତନା ଦେଇ ହତ୍ୟା କରିଥିବା ଘଟଣାରେ ପୋଲିସର ଉଦାସୀନତା ପ୍ରତିବାଦରେ ଗୁରୁବାର ଜିଲ୍ଲାପାଳଙ୍କ କାର୍ଯ୍ୟାଳୟ ସମ୍ମୁଖରେ ଧାରଣା ଦେଇଛନ୍ତି ମୃତ ମହିଳାଙ୍କ ପରିବାର ଲୋକେ । ଅଭିଯୋଗ ଅନୁଯାଇ ପଟ୍ଟାମୁଣ୍ଡାଇ ଥାନା ଅନ୍ତର୍ଗତ ଜରିଆବାଡ ଗ୍ରାମର ବୁଲାକର ମଳିକଙ୍କ ପୁଅ ନାରାୟଣ ମଳିକ ସଦର ଥାନାରେ ଅଭିଯୋଗ କରିଛନ୍ତି ଯେ ତାଙ୍କ ଭଉଣୀ ସସ୍ମିତା ମଳିକ ଗତ ୧୪ବର୍ଷ ତଳେ ସଦର ଥାନା ଅନ୍ତର୍ଗତ ଗରାପୁର ଗ୍ରାମର ବାଇଧର ମଳିକଙ୍କୁ ବିବାହ କରିଥିଲେ । ବିବାହର କିଛିଦିନ ପରେ ଉଭୟ ସସ୍ମିତା ଓ ବାଇଧରଙ୍କ ମଧ୍ୟରେ ପାଟିଗୋଳ ଆରମ୍ଭ ହୋଇଥିଲା । କାରଣ ବାଇଧର ଅନ୍ୟଏକ ଝିଅକୁ ଭଲପାଉଥିଲା । ଏହି ପାଟିଗୋଳ ହେବା ପରେ ତାଙ୍କ ଭଉଣୀ ବାପଘରକୁ ଚାଲିଯାଏ । ଶାଶୁଘର ଲୋକେ କିଛିଦିନ ପରେ ଯାଇ ସସ୍ମିତାକୁ ବୁଝାଶୁଝା କରି ନେଇଆସିଥାନ୍ତି । ଏଭଳି ବାରମ୍ବାର ହୋଇଥାଏ । ତାଙ୍କ ଭଉଣୀର ଶାଶୁ ଭାରତୀ ମଳିକ,ଦିଅର ଧଳି,ଯାଆ ପୁଷ୍ପା,ମାମୁଁ ଆଦିକନ୍ଦ ପ୍ରମୁଖ ମିଶି ତାଙ୍କ ଭଉଣୀ ସସ୍ମିତାକୁ ଅଧିକ ଯୌତୁକ ଦାବୀକରି ସସ୍ମିତାକୁ ମାନସୀକ,ଶାରୀରିକ ନିର୍ଯ୍ୟାତନା ଦେଇଥିବା ସମ୍ପର୍କରେ ତାଙ୍କ ଭଉଣୀ ପୂର୍ବରୁ ଜଣାଇଛି ବୋଲି ସେ ଅଭିଯୋଗ କରିଛନ୍ତି । ଶେଷରେ ତାଙ୍କ ଭଉଣୀକୁ ସମସ୍ତେ ମିଶି ମାରିଦେଇଥିବା ମଧ୍ୟ ସେ ସଦର ଥାନାରେ ଅଭିଯୋଗ କରିଛନ୍ତି । ତାଙ୍କ ଅଭିଯୋଗକୁ ଭି ିକରି ସଦର ଥାନା ପୋଲିସ ୨୩୭/୨୦୨୦ରେ ଆଇପିସିର ଧାରା ୪୯୮(କ),୩୦୨,୩୪ଦଫାରେ ଏବଂ ଯୌତୁକ ନିରୋଧ ଆଇନ ୪ ଅନୁଯାଇ ଏକ ମାମଲା ରୁଜୁକରିଛନ୍ତି । ସଦର ଥାନା ପୋଲିସ ମୃତକର ସ୍ୱାମୀ ବାଇଧର ମଳିକଙ୍କୁ ଗିରଫ କରି କୋର୍ଟ ଚାଲାଣ କରିଥିଲେ ମଧ୍ୟ ଅନ୍ୟ ଅଭିଯୁକ୍ତମାନଙ୍କୁ ଗିରଫ ନକରିବା ଏବଂ ବିବାହ ସମୟରେ ଝିଅ ସସ୍ମିତାକୁ ଦିଆଯାଇଥିବା ସମସ୍ତ ଜିନିଷ ନଫେରାଇବା ଘଟଣା ଏବଂ ହତ୍ୟାକୁ ଆତ୍ମହତ୍ୟାର ରୂପ ଦେବାକୁ ପୋଲିସ ଉଦ୍ୟମ କରୁଥିବା ଘଟଣା ପୋଲିସର ନୀରପେକ୍ଷତା ଉପରେ ସନ୍ଦେହ ପ୍ରକାଶ କରି ପରିବାର ପକ୍ଷରୁ ଜିଲ୍ଲାପାଳଙ୍କ କାର୍ଯ୍ୟାଳୟ ସମ୍ମୁଖରେ ଧାରଣା ଦିଆଯାଇଛି । ଏଥିସହିତ ଏହି ହତ୍ୟା ଘଟଣାର କ୍ରାଇମବ୍ରାଂଚ ତଦନ୍ତ କରାଯିବାକୁ ପରିବାର ପକ୍ଷରୁ ଜିଲ୍ଲାପାଳଙ୍କୁ ଏକ ଦାବିପତ୍ର ପ୍ରଦାନ କରାଯାଇଛି । ଏହି ଦାବିପତ୍ର ପରିବାର ପକ୍ଷରୁ ନାରାୟଣ ମଳିକ, ଶୁକାନ୍ତି ମଳିକ, ବିନିତା ମଳିକ, ସୁଷମା ମଳିକ, ରଚନା ମଳିକ ପ୍ରମୁଖ ଦେଇଛନ୍ତି ।

## ମାଟି ଏବଂ ପଲିଥିନ୍ ଘରେ ବିତୁଛି ଜୀବନ

ଘଟଗାଁ(ପିଏନ)-ଉଭୟ କେନ୍ଦ୍ର ଏବଂ ରାଜ୍ୟ ପ୍ରତ୍ୟେକ ଦିନ ଅନେକ ଗରିବ ବାସହରା ହିତାଧିକାରୀଙ୍କୁ ରାଜ୍ୟ ସରକାରଙ୍କ ବିଜୁ ପକ୍କା ଘର କିମ୍ବା କେନ୍ଦ୍ର ସରକାରଙ୍କ ପ୍ରଧାନମନ୍ତ୍ରୀ ଆବାସ ଯୋଜନା ଅନ୍ତର୍ଭୁକ୍ତ କରାଇ ଘର ଯୋଗାଉଥିବା ଦେଖିବାକୁ ମିଳୁଥିବା ବେଳେ ଅନେକ ଲୋକ ଆଜିବି ଝାଟି ମାଟି ଏବଂ ପାଲ ପଲିଥିନ୍ ଘରେ ଜୀବନ ବିତାଉଥିବା ଦେଖିବାକୁ ମିଳୁଛି । ଏଭଳି ଏକ ଅବିକଳ ଚିତ୍ର ଦେଖିବାକୁ ମିଳିଛି କେନ୍ଦୁଝର ଜିଲ୍ଲା ଘଟଗାଁ ବ୍ଲକ୍ ଅନ୍ତର୍ଗତ ସୁନାରୀପଶୀ ଗାଁରେ । ଗାଁର ଚରଣ ମୁଣ୍ଡା ଆଜକୁ ତିନି ବର୍ଷ ହେବ ଏକ ଝାଟି, ପିଲିଥିନ୍‌କୁ ଘରର କାନ୍ଥ କରି ରହୁଥିବା ଦେଖିବାକୁ ମିଳୁଛି । ଚରଣ ଦିନ ମଜୁରୀଆ ହୋଇଥିବାରୁ ଘର ଖଣ୍ଡିଏ ବନାଇବାକୁ ସକ୍ଷମ ନାହିଁ ତାର । କେନ୍ଦୁଝର ଜିଲ୍ଲା ଘଟଗାଁ ବ୍ଲକ୍ ଅନ୍ତର୍ଗତ ସୁନାରିପଶୀ ଗାଁର ରାଜାବନ୍ଧ ସାହିର ଚରଣ ମୁଣ୍ଡା । ବୟସ ପାଖାପାଖି ୪୦ ହେବ । ପରିବାରରେ ସ୍ତ୍ରୀ ସହିତ ତିନୋଟି ପୁଅ । ଚରଣ ଜଣେ ଦିନ ମଜୁରୀଆ ଖଟିଖିଆ ଲୋକ । ପ୍ରତ୍ୟେକ ଦିନ ଯାହା ମୁଲମଜୁରି କରି ଆଣିଥାଏ, ସେସବୁ ପରିବାରର ଖାଇବାକୁ ମଧ୍ୟ ଅଂଟେନାହିଁ । ପୂର୍ବରୁ ସେ ବରାହଟିପୁରା ଗାଁରେ ରହୁଥିଲେ, ବାପା ଚାଲି ଗଲା ପରେ ବାସ ହରା ହୋଇ ଆଜକୁ ତିନି ବର୍ଷ ହେବ ସୁନାରିପଶି ଗାଁର ରଜାବନ୍ଧ ସାହିରେ ରହୁଛନ୍ତି । ଚରଣ ସ୍ତ୍ରୀ ସହିତ ତିନି ପୁଅଙ୍କୁ ନେଇ ନାହିଁ ନଥିବା ଅଭାବ ଅନଟନରେ ଜୀବନ ବିତାଉଛନ୍ତି । ଠିକ୍‌ସେ ନିଜ ପରିବାରର ଗୁଜରାଣ ମେଂଟାଇପାରୁ ନଥିବା ଚରଣ ଘର ଖଣ୍ଡିଏ ବନାଇବା ପାଇଁ ତା ପାଖରେ ସମ୍ବଳ ନାହିଁ । ଯାହାଫଳରେ ଆଜକୁ ତିନି ବର୍ଷରୁ ଊର୍ଦ୍ଧ୍ୱ ହେବ ଝାଟି, ପଲିଥିନକୁ କାନ୍ଥ କରି ଗୋଟିଏ ଝାଟି ଘରେ ରହୁଛନ୍ତି । ଘର ଖଣ୍ଡିଏ ପାଇଁ ବାରମ୍ବାର ବ୍ଲକ୍ ପ୍ରଶାସନର ଦ୍ୱାରସ୍ଥ ହୋଇଥିଲେ ମଧ୍ୟ ଆଜି ପର୍ଯ୍ୟନ୍ତ ତାଙ୍କ ପାଇଁ ସରକାଙ୍ଗ ପ୍ରଧାନ ମନ୍ତ୍ରୀ ଏବଂ ବିଜୁ ବିଜୁ ପକ୍କା ଘର ଯୋଜନା ସାତସପନ । ତେବେ ବାସ ହରା ଲୋକମାନଙ୍କ ପାଇଁ ସରକାର ମାଳ ମାଳ ଯୋଜନା କରୁଥିଲେ ମଧ୍ୟ ଆଜିବି ଅନେକ ଲୋକ ଏଭଳି ଅବସ୍ଥାରେ ଝାଟି, ପଲିଥିନ୍‌କୁ କାନ୍ଥ କରି ରହୁଛନ୍ତି । ଚରଣ ମଧ୍ୟ ଆଜକୁ ତିନି ବର୍ଷ ହେବ ଏହି ଝାଟିମାଟିରେ ତିଆରି କାନ୍ଥ ପାଂଚ ଜଣ ପରିବାରକୁ ନେଇ ଏଭଳି ଦୁର୍ଦ୍ଦିନରେ ରହୁଛି । ତେବେ ଆମ ପ୍ରତିନିଧି ଚରଣଙ୍କ କରୁଣ କାହାଣୀ ଘଟଗାଁ ବିଡିଓଙ୍କ ପାଖରେ ଅବଗତ କରାଇବାରୁ ସେ ଖୁବଶିଘ୍ର ସରକାରଙ୍କ ଆବାସ କିମ୍ବା ପକ୍କା ଘର ଯୋଜନାରେ ଅନ୍ତର୍ଭୁକ୍ତ କରାଇ ଘର ଖଣ୍ଡିଏ ଦେବାର ବ୍ୟବସ୍ଥା କରିବେ ବୋଲି ପ୍ରତିସୃତି ଦେଇଛନ୍ତିମ ।


MAHARISHI PUBLIC SCHOOL

2024-2025



ADMISSION OPEN

Maharishi Public School, Baripada

STD-NURSERY TO VIII

ENROLL YOUR CHILD TODAY

Special discount for new admission before 15.03.2023

Find the Difference
- Small Classes
- Experienced, trained & loving teachers.
- Individual attention to each child.
- Regular meditation and yoga.
- Unique exam system, evaluation & Principles etc.

25% reservition as per RTE Act (2009)

MAHARISHI PUBLIC SCHOOL
Baghra Road, Baripada
For details
Contact :
Call-9438102188, 06792-255227
Time : 8.00 A.M. to 12.00 noon
E-mail- mps.bpd@gmail.com
Find us on
Facebook.com/Mps, Baripada

